






# ଟି ଟାଇମ୍



## ଜୋକ୍ସ

ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି
ବାପା-କିଏ କିଏ ଆସୁଛନ୍ତି ?
ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

## ପୁରାଣ କାହାଣୀ

# ରାଜାଙ୍କ ଗର୍ବ ଖର୍ବ ହେଲା



ଏକଦା ତ୍ରିବିକ୍ରମଙ୍କ ରାଣୀ ତାଙ୍କୁ କିଛି ପରାମର୍ଶ ଦେଲେ ଆପଣଙ୍କ ମନରେ ଉଙ୍କି ମାରୁଥିବା ପ୍ରଶ୍ନକୁ ଖୋଲି ଗୁରୁଙ୍କୁ ପଚାର । ତ୍ରିବିକ୍ରମ ମନରେ ସାହସ ବାନ୍ଧି ଗୁରୁଙ୍କୁ ପ୍ରଶ୍ନ ପଚାରିଲେ ହେ ଗୁରୁବର ଆପଣଙ୍କଠାରୁ ମୁଁ ଶିକ୍ଷା ଗ୍ରହଣ କରୁଛି କିନ୍ତୁ ମୋର କିଛି ଲାଭ ହେଉନାହିଁ । ଏପରି କାହିଁକି ହେଉଛି । ଗୁରୁ ଶାନ୍ତର ସହ କହିଲେ ହେ ରାଜନ ! କଥା ବହୁ ଛୋଟ କିନ୍ତୁ ଆପଣ ଏହି ଛୋଟ କଥା ଉପରେ ଗୁରୁତ୍ୱ ଦେଇନାହାନ୍ତି । ବଡ଼ ହେବାର ଅହଂକାର ଅହଂଭାବ ଯୋଗୁଁ ଆପଣ ମୋ ଜ୍ଞାନକୁ ସହଜେ ଗ୍ରହଣ କରିପାରୁ ନାହାଁନ୍ତି ଓ ଶିକ୍ଷା ଗ୍ରହଣ କରିବାକୁ ଦେଉନାହିଁ । ଏତିକି କହି ଗୁରୁ ରହିଗଲେ । ତ୍ରିବିକ୍ରମଙ୍କୁ ଲାଗିଲା ଯେ ଗୁରୁ କାରଣକୁ ଖୋଜି ବୁଝିପାରିଛନ୍ତି କିନ୍ତୁ ସେ ସେପରି ଗୁରୁଙ୍କୁ ଚାହିଁ ରହିଥାନ୍ତି ଗୁରୁ ତାଙ୍କର କଥା ପୁଣି ଥରେ ଆରମ୍ଭ କରି କହିଲେ ଏହା ସତ୍ୟ ଯେ ଆପଣ ଜଣେ ରାଜା। ପଦ ଓ ପ୍ରତିଷ୍ଠାରେ ଆପଣ ମୋଠାରୁ ବଡ଼ା କିନ୍ତୁ ଏଠାରେ ମୁଁ ଓ ଆପଣଙ୍କ ମଧ୍ୟରେ ଥିବା ସମ୍ପର୍କ ହେଉଛି ଗୁରୁ ଓ ଶିଷ୍ୟର ସଂପର୍କ। ଗୁରୁ ହୋଇଥିବା କାରଣରୁ ମୋ ସ୍ଥାନ ସର୍ବଦା ଉଚ୍ଚରେ ରହିବା ଉଚିତ୍। ଆପଣ ରାଜଦରବାରରେ ସର୍ବଦା ଉଚ୍ଚ ସିଂହାସନରେ ବସିଥିବା ବେଳେ ଆପଣଙ୍କ ସୈନ୍ୟ ଓ ରାଜଗୁରୁ ସେନାପତି ଇତ୍ୟାଦି ତଳ ଆସନରେ ବସିବାକୁ ଦେଇଥାନ୍ତି। ଏହି କାରଣରୁ ଆପଣ ଶିକ୍ଷା ଗ୍ରହଣ କରିପାରୁ ନାହାନ୍ତି ଆପଣ ରାଜା ଏଥିପାଇଁ ଆପଣ ଏକଥା କହିପାରୁନଥିଲୋଗୁରୁଙ୍କ ଏପରି କଥା ଶୁଣି ରାଜା ତ୍ରିବିକ୍ରମ ନିଜର ଭୁଲ୍‌କୁ ବୁଝିପାରି ଗୁରୁଙ୍କୁ କ୍ଷମା ମାଗିଲେ ଓ ଶିକ୍ଷା ଗ୍ରହଣ କରିବାରେ ଲାଗିଲେ

# ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚାଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

# ରୋବଟ କରେ ହୋଟେଲ କାମ




ଜାପାନରେ ଏକ ଏଭଳି ହୋଟେଲ ରହିଛି; ଯାହା ଆଜିକାଲି ଚର୍ଚ୍ଚାରେ ରହିଛି। ଏହି ହୋଟେଲର ସବୁଠାରୁ ବଡ଼ ବିଶେଷତ୍ୱ ହେଉଛି ଏଠାରେ ଜଣେ ହେଲେ କର୍ମଚାରୀ ମଣିଷ ନୁହନ୍ତି। ସମସ୍ତେ ହେଉଛନ୍ତି ରୋବଟ। ଉକ୍ତ ହୋଟେଲରେ ସମସ୍ତ କାମର ଦାୟିତ୍ୱ ରୋବଟଙ୍କ ଉପରେ ଦିଆଯାଇଛି। ହୋଟେଲକୁ ଆସୁଥିବା ଆଗନ୍ତୁକଙ୍କ ପାଇଁ ଦ୍ୱାରା ଖୋଲିବାଠାରୁ ନେଇ ବୁକିଂ କରିବା ପର୍ଯ୍ୟନ୍ତ କାମ ରୋବଟ ହିଁ ତୁଲାଇଥାନ୍ତି। 'ହେନ ନା' ହୋଟେଲରେ ପୂର୍ବରୁ କାମ କରୁଥିବା ସମସ୍ତ କର୍ମଚାରୀଙ୍କୁ ଛଟେଇ କରିଦିଆଯାଇଛି। ୭୨ କକ୍ଷ ରହିଥିବା ଏହି ଆମୋଦଦାୟକ ହୋଟେଲର ଅଭ୍ୟର୍ଥନା କକ୍ଷରେ ଯୁବତୀଙ୍କ ପୋଷାକ ପରିଧାନ କରି ଜଣେ ରୋବଟକୁ ବସାଯାଇଛି। ଏକ ଯାନ୍ତ୍ରିକ ଡାଏନୋସର ଆଗନ୍ତୁକଙ୍କୁ ସ୍ୱାଗତ କରିଥାଏ। 'ହେନ ନା' ଅର୍ଥ ଅଲୌକିକ। ଜାପାନରେ ଏହି ହୋଟେଲରେ ଗୋଟିଏ ରାତି କଟାଇବା ପାଇଁ ୭୨ ଡଲାର ଦେବାକୁ ହୋଇଥାଏ। ଆଗନ୍ତୁକଙ୍କ ଜିନିଷପତ୍ର ରୋବଟ ହିଁ ଉଠାଇଥାନ୍ତି ଏବଂ ଆଗନ୍ତୁକଙ୍କୁ ବୁକିଂ ହୋଇଥିବା କକ୍ଷ ପର୍ଯ୍ୟନ୍ତ ନେଇଯା'ନ୍ତି। ଏହି ହୋଟେଲକୁ ଚଳାଉଥିବା ହିଡିୟୋ ସଓ୍ୱାଡା କହିଛନ୍ତି ଯେ ରୋବଟଙ୍କ ବ୍ୟବହାର କେବଳ ଲୋକଙ୍କ ଧ୍ୟାନ ଆକର୍ଷଣ କରିବା ପାଇଁ କରାଯାଉନାହିଁ; ବରଂ ବୈଷୟିକ ଜ୍ଞାନକୌଶଳର ଭରପୂର ଫାଇଦା ଉଠାଇବା ଲାଗି କରାଯାଉଛି।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ ।

# ବାଲି ନିର୍ମିତ ହୋଟେଲ୍



ପିଲାଦିନେ ଆମେ ବାଲିରେ ଅନେକ ଘର ବନାଇ ଖେଳନ୍ତି । କିନ୍ତୁ ସେହି ଘର ସାମାନ୍ୟ ଆଘାତରେ ଭାଙ୍ଗିଯାଏ । କିନ୍ତୁ ନେଦରଲ୍ୟାଣ୍ଡର କିଛି ମୂର୍ତ୍ତି ନିର୍ମାଣକାରୀ ଏହି ବାଲି ଘରକୁ ସ୍ଥାୟୀ ବନାଇବାରେ ସଫଳ ହୋଇଛନ୍ତି ଗୋଟିଏ ହୋଟେଲ୍ ମାଧ୍ୟମରେ । ନେଦରଲ୍ୟାଣ୍ଡର ଓସ୍ ଟାଉନ୍‌ରେ ନିର୍ମାଣ କରାଯାଇଛି ଏହି ହୋଟେଲ୍ । ଏବେ କିନ୍ତୁ ସେହି ହୋଟେଲ୍‌ରେ ଗୋଟିଏ ରୁମ୍‌ର ବ୍ୟବସ୍ଥା କରାଯାଇଛି । ସେହି ରୁମ୍‌ରେ ରହିବାକୁ ହେଲେ ଆପଣଙ୍କୁ ଗୋଟିଏ ଦିନ ପାଇଁ ୧୧ହଜାରଟଙ୍କା ମୂଲ୍ୟ ଦେବାକୁ ହେବ। ହୋଟେଲ୍‌ର ମ୍ୟାନେଜର ମାଦ ବେନ୍ ଲିଓ୍ୱେନ କହନ୍ତି ନେଦରଲ୍ୟାଣ୍ଡରେ ଏଭଳି ବାଲି ତିଆରି ହୋଟେଲ୍ ବନାଇବାର ଆଇଡିଆ ତାଙ୍କୁ ଫିନ୍‌ଲ୍ୟାଣ୍ଡ ଓ ସ୍ୱୀଡେନ୍ ମିଳିଥିଲା । ସେଠାରେ ବରଫ ନିର୍ମିତ ହୋଟେଲ୍ ଦେଖିବାକୁ ମିଳେ । ସେହି ହୋଟେଲ୍ ମଧ୍ୟରେ ବରଫ ନିର୍ମିତ ବେଡ୍ ରହିଛି, ଘରମାନଙ୍କର ତାପମାତ୍ରା ୮ଡିଗ୍ରୀ ସେଲସିୟସ୍ କମ୍ ରହିଥାଏ । ଲିଓ୍ୱେନ୍ ବାଲିର ହୋଟେଲ୍ ବନାଇବା ପାଇଁ ହଜାର ଟନ୍ ବାଲି ସଂଗ୍ରହ କରିଥିଲେ । ବାଲି ଘରକୁ ସୁଦୃଢ଼ କରିବା ପାଇଁ କାଠର ଢାଞ୍ଚା ପ୍ରସ୍ତୁତ ହୋଇଥିଲା । ପରେ ବାଲିର ଛାତ, ଭୂଇଁ ଓ କାନ୍ଥ ପ୍ରସ୍ତୁତ ହୋଇଥିଲା । ହୋଟେଲରେ ଅତିଥିଙ୍କ ପାଇଁ ଓ୍ୱାଇଫାଇ, ଲାଇଟ୍ ଓ ପାଣିର ସୁବିଧା ରହିଛି ।

# ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଞ୍ଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚାଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ଷ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ୍ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି।

# କୀର୍ତ୍ତନ କରିବା ସମୟରେ ଲୋକେ ତାଳିବଜାନ୍ତି କାହିଁକି

ଧାର୍ମିକ ମାନ୍ୟତା ଅନୁସାରେ କୀର୍ତ୍ତନ କରିବା ସମୟରେ ତାଳି ବଜାଇବାର ଏହି ଅର୍ଥ ହେଉଛି ଯେ, ଭକ୍ତ ଭଗବଦ୍ ନାମରେ ଏପରି ଭାବରେ ମଗ୍ନ ହୋଇଯାଏ, ଭଗବାନଙ୍କ ନାମ କୀର୍ତ୍ତନ କରି ବିହ୍ୱଳ ହୋଇସେଥିରେ ବୁଡ଼ିଯିବା, ନାମ ଧରି ଏକ ଧ୍ୟାନରେ ବୁଡ଼ିରହି ଝୁଲି ଝୁଲି ତାଳି ବଜାଇବା । ତାଳି ଧ୍ୱନୀର ତରଙ୍ଗ ପ୍ରଭୁଙ୍କୁ ଆନ୍ଦୋଳିତ କରେ, ଯେପରି ସେ ନିଜର ଭକ୍ତକୁ ରକ୍ଷାକରିବାକୁ ଏବଂ କୃପାରସ ବରଷିବା ପାଇଁ ସ୍ୱୟଂ ସେହି ସ୍ଥାନରେ ପହଞ୍ଚିଯାଆନ୍ତି ।

# ମିଥ୍ୟା ଅଭିମାନ ଉନ୍ନତି ପଥରେ ବାଧକ ସାଜିଥାଏ

ସଫଳତା ହାସଲ କରିବାରେ ଯେଉଁ ଖୁସି ମିଳେ ତାହା କହିହୁଏ ନାହିଁ । କିନ୍ତୁ ସେହି ଖୁସି ଯଦି ଅଧିକରୁ ଅଧିକ ହେଲା ତାହା କ୍ରନ୍ଦନରେ ପରିଣତ ହୋଇଥାଏ। ଖୁସି, ଉଲ୍ଲାସ, ଆନନ୍ଦ ହେବା ସମସ୍ତଙ୍କର ଅଧିକାର । ଏହି ଅଧିକାରରୁ କେହି ବଞ୍ଚିତ ନୁହଁନ୍ତି । ଯିଏ ଏଥିରୁ ବଞ୍ଚିତ ସେ ସର୍ବଦା ଦୁଃଖରେ କାଳାତିପାତ କରିଥାଏ ବୋଲି ଅନେକ କୁହନ୍ତି । ନିଜ ଖୁସିରେ ଖୁସି ନ ହୋଇ ଅନ୍ୟ ଖୁସିରେ ଖୁସି ହେଲେ ଆତ୍ମାକୁ ଆନନ୍ଦ ମିଳିବା ସହ ସଦା ସର୍ବଦା ପ୍ରଫୁଲ୍ଲ ହୋଇଥାନ୍ତି। ଏକଦା ୟୁରୋପ ସେନା ଯୁଦ୍ଧରେ ବିଜୟୀ ହୋଇ ୟୁରୋପ୍ ରାଜାଙ୍କ ମାନ ରଖିଲେ । ସେନାଙ୍କ ବିଜୟରେ ରାଜା ପ୍ରସନ୍ନ ହୋଇ ସେନାପତିଙ୍କ ସହ ସୈନ୍ୟଗଣଙ୍କୁ ସ୍ୱାଗତ ଲାଗି ଯୋଜନା କଲେ । ରାଜା ତାଙ୍କ ମନ୍ତ୍ରୀମାନଙ୍କୁ କହିଲେ, ସେନାପତି ରାଜ୍ୟରେ ପ୍ରବେଶ କରିବା ମାତ୍ରେ ତାଙ୍କର ଜୟଜୟକାର ହେଉ । ଏହି ଭବ୍ୟ ସମାଚାର ପାଇ ସେନାପତି ବହୁ ପ୍ରସନ୍ନ ହେଲେ । ସେ ଏତେ ପ୍ରସନ୍ନ ହୋଇଗଲେ ଯେ ତାଙ୍କ ଖୁସିର ସୀମା ଆଉ ରହିଲା ନାହିଁ ଓ ସେ ଗର୍ବ ଅନୁଭବ କଲେ । ରାଜାଙ୍କ ସ୍ୱାଗତ ଯୋଜନା ଅନୁଯାୟୀ ମନ୍ତ୍ରୀମାନେ ଚାରୋଟି ଧଳା ଘୋଡ଼ାରେ ସେନାପତିଙ୍କୁ ଆସିନ କରାଇ ନଗରରେ ପ୍ରବେଶ କଲେ । ହଠାତ୍ ସେନାପତି ଦେଖିବାକୁ ପାଇଲେ ଆଉ ଏକ ସଜ୍ଜିତ ରଥରେ ଜଣେ ଦାସ ଆସିନ ହୋଇ ସେନାପତିଙ୍କ ରଥ ସହ ସମାନ୍ତର ଭାବେ ରାଜଧାନୀରେ ପ୍ରବେଶ କରୁଛନ୍ତି । ଏହା ଦେଖି ତାଙ୍କ ମଧ୍ୟରେ ଅହଂଭାବ ଜାଗ୍ରତ ହେଲା । ଏହି ଅହଂଭାବକୁ ଜାଣିପାରି ରାଜା ଏହି ଯୋଜନା କରିଥିଲେ । ଏହି ରଥରୁ ସେନାପତି ଜାଣିବାକୁ ପାଇଲେ ଯେ ଛୋଟରୁ ଛୋଟ ସାଧାରଣ ଦାସ ମଧ୍ୟ ତାଙ୍କ ସହ ସମାନ । ସେମାନେ ଗୌରବପୂର୍ଣ୍ଣ ପଦରେ ମଧ୍ୟ ଅଧିଷ୍ଠିତ ହୋଇପାରିବେ । ସେହି ସମୟରେ ତାଙ୍କର ବିଜୟର ଉଲ୍ଲାସ ମଉଳିଯିବା ସହ ତାଙ୍କର ଅଭିମାନ ମଧ୍ୟ ନଷ୍ଟ ହୋଇଗଲା । ମିଥ୍ୟା ଅଭିମାନ ଉନ୍ନତି ପଥର ବାଧକ ସାଜିଥାଏ ।

## ଆଜିର ଭାଗ୍ୟ


ମେଷ

ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟାର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।


ବୃଷ

ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।


ମିଥୁନ

ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।


କର୍କଟ

ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।


ସିଂହ

ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।


କନ୍ୟା

ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।


ତୁଳା

ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।


ବିଛା

ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।


ଧନୁ

ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।


ମକର

କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।


କୁମ୍ଭ

ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।


ମୀନ

ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

# ୩ ଫୁଟର ବର-କନ୍ୟା



କଥାରେ କୁହନ୍ତି ଯୋଡି ଭଗବାନ ବନାଇ ଥାଆନ୍ତି । ଭଗବାନ ହିଁ ପ୍ରତ୍ୟେକ ମଣିଷ ପାଇଁ ସଠିକ ଜୀବନସାଥୀ ଚୟନ କରିଥାନ୍ତି । ନିକଟରେ ମହାରାଷ୍ଟ୍ରର ଗୋଣ୍ଡାଲବା ସହରର ଛାଜେଡ ପରିବାରରେ ଏକ ବିବାହ ସମ୍ପନ୍ନ ହୋଇଛି । ବିବାହରେ ବରର ଉଚ୍ଚତା ପାଖାପାଖି ୩ ଫୁଟ ହୋଇଥିବା ବେଳେ କନ୍ୟାର ଉଚ୍ଚତା ବି ସେତିକି । ଛାଜେଡ ପରିବାରରେ ଦୁଇ ପୁଅ ଅଛନ୍ତି । ଦୁଇ ଜଣଙ୍କ ଉଚ୍ଚତା ମାତ୍ର ୩.୬ ଫୁଟ । ସେହି ପରିବାରର ସାନ ପୁଅ ଧୀରଜ ବିବାହ କରିଥିଲେ ନିକଟସ୍ଥ ଗାଁର ପୂଜା ସୁରାଣାଙ୍କୁ । ପୂଜାଙ୍କ ଉଚ୍ଚତା ୩.୨ ଫୁଟ ହେବ । ଏହା ପୂର୍ବରୁ ତାଙ୍କ ବଡ ଭାଇଙ୍କ ବିବାହ ଜଣେ ୩.୩ ଫୁଟ ଉଚ୍ଚତାର କନ୍ୟା ସହ ହୋଇଥିଲା । ଏହି ପରିବାରର ସମସ୍ତଙ୍କ ଉଚ୍ଚତା ପ୍ରାୟ ସମାନ ହୋଇଥିବାରୁ ଏହାକୁ ଭଗବାନଙ୍କ ବରଦାନ ବୋଲି କେହି କେହିଁ କୁହନ୍ତି ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୩, ଡିସେମ୍ବର ୨୭

# ମୋ ଜୀବନର କଳ୍ପବୃକ୍ଷ

**ଅନୀତା ପଟ୍ଟନାୟକ**

କୁହାଯାଏ 'ପିତା ଧର୍ମ, ପିତା ସ୍ୱର୍ଗ, ପିତା ହିଁ ପରମ ତପ। ପିତରି ପ୍ରୀତିମାପନ୍ନେ ପ୍ରୀୟନ୍ତେ ସର୍ବଦେବତା।' ଏହାର ଅର୍ଥ ପିତା ହେଉଛି ଧର୍ମ, ସ୍ୱର୍ଗ ଓ ଜୀବନର ତପସ୍ୟାର ଫଳ। ପିତା ଯଦି ସନ୍ତୁଷ୍ଟ ହୁଅନ୍ତି ସର୍ବ ଦେବତାମାନେ ପ୍ରୀତ ହୋଇଥାନ୍ତି। ମୋର ପିତା ଜଣେ ନିଆରା ଶିକ୍ଷକ ଥିଲେ। ସେ ସକାଳ ହେଲେ ଆମ ଭାଇ ଭଉଣୀ ମାନଙ୍କୁ ଉଠାଇ ଚଲାଇ ଚଲାଇ କିଛି ବାଟ ନେଇ ବିଭିନ୍ନ ମନ୍ଦିର ପ୍ରଭୃତି ଦେଖାଇ ଗାଈର କ୍ଷୀର, ଦହି ଗଉଡଘରୁ ଧରି ଘରକୁ ଫେରୁଥିଲେ। ବାପା କେବେ ଚାହାପି ପିଇବା କିମ୍ବା କ୍ଷୀର ପିଇବା ମୁଁ ଦେଖିନାହିଁ। ବରଂ ମାଙ୍କୁ ପ୍ରେମପୂର୍ଣ୍ଣ ଶବ୍ଦରେ କୁହନ୍ତି ଆଜି ମୋ ପିଲାମାନେ ସମସ୍ତେ କ୍ଷୀର ପିଇଛନ୍ତିତ ? ବାପା ସବୁ ପିଲାମାନଙ୍କୁ ପାଠ ପଢ଼ିବାକୁ ପ୍ରୋତ୍ସାହିତ କରୁଥିଲେ। ତାଙ୍କର ସମସ୍ତ ଉପାର୍ଜିତ ଧନ ଆମର ସ୍କୁଲ ଡ୍ରେସ, ପାଠପଢ଼ା ଉପକରଣ, ଆମର ସୁଖ ସ୍ୱାଚ୍ଛନ୍ଦ୍ୟ ପାଇଁ ଖର୍ଚ୍ଚ କରିଦେଉଥିଲେ। ନିଜେ ଦୁଇହଳ ପୋଷାକରେ ଜୀବନ ଅତିବାହିତ କରିଦେଉଥିଲେ। ହଳେ ପୋଷାକ ଚିରିଗଲେ ବା ନଷ୍ଟ ହୋଇଗଲେ ଆଉ ଗୋଟିଏ ହଳ ତିଆରି କରାଉଥିଲେ। ମୁଁ ମୋର ବାପାଙ୍କୁ କେବେ କାହାଠାରୁ କିଛି ହାତପାତି କୌଣସି ପଦାର୍ଥ ଗ୍ରହଣ କରିବା ଦେଖିନାହିଁ। ସେ ତାଙ୍କର କଷ୍ଟ ଉପାର୍ଜିତ ଧନକୁ ଅକୁଣ୍ଠିତ ହୋଇ ଦାନ କରି ଦେଉଥିଲେ। ମତେ ଉଦାହରଣ ଦେଇ ବୁଝାଇ କହୁଥିଲେ ଗ୍ରହଣ କରିଥିବା ପାପୁଲି ତଳକୁ ଥାଏ କିନ୍ତୁ ଦାନ କରୁଥିବା ପାପୁଲି ସର୍ବଦା ଉପରେ ଥାଏ। ବାପା ଆମକୁ ଶକ୍ତି, ଧନ, ବାକ୍ୟ ଓ ଖାଦ୍ୟକୁ କିପରି ସଞ୍ଚୟ କରିବାକୁ ହେବ ତାହାକୁ ସେ ଶିଖାଉଥିଲେ। ମୋ ବାପା ସ୍କୁଲରେ ସବୁ ପିଲାଙ୍କୁ ନିଜର ପିଲାପରି ଭଲ ପାଉଥିଲେ। ମୋ ଆଗରେ ଅନ୍ୟ ପିଲାଙ୍କୁ ପ୍ରଶଂସା କରୁଥିଲାବେଳେ ମୁଁ ଯେତେବେଳେ ଈର୍ଷାନ୍ୱିତ ହେଉଥିଲି, ସେ ମତେ କହୁଥିଲେ ସମସ୍ତ ଈଶ୍ୱରଙ୍କର ସନ୍ତାନ। ଈଶ୍ୱରଙ୍କର ସାନ୍ନିଧ୍ୟ ଲାଭ କରିବାର ସୁଯୋଗ ସମସ୍ତଙ୍କର ଅଛି। କିନ୍ତୁ ବାପାଙ୍କ ଠାରୁ ଯଦି ଠିକ ଭାବରେ ଅଧିକ ସ୍ନେହ ଦାବିକରି ମଧ୍ୟ ପାଇନଥାଏ ତାର ମନର ଅବସ୍ଥା ଯାହାହୁଏ ମୁଁ ଅଧିକ ସ୍ନେହ ପାଉନଥିଲା ବେଳେ ମୋର ଅବସ୍ଥା ସେପରି ହୁଏ। ଆମ ପିଲାମାନଙ୍କର ଟିକେ ଦେହ ଖରାପ ହେଲେ ସେ ସଙ୍ଗେ ସଙ୍ଗେ ଡାକ୍ତରଙ୍କ ପରାମର୍ଶ କରି ଚିକିତ୍ସା କରାଇଥାନ୍ତି। ସେ ଆମ ସବୁ ପିଲାମାନଙ୍କୁ ସକାଳ ସଞ୍ଜରେ ପ୍ରାର୍ଥନା, ଖାଦ୍ୟ ଗ୍ରହଣ ଓ ଶୋଇବା ପୂର୍ବରୁ ପ୍ରାର୍ଥନା, ଗୋଶାଳାକୁ ଯାଇ ଗାଈ ମାନଙ୍କର ସେବା ନିଜେ କରନ୍ତି। ଦୀନଦରିଦ୍ରଙ୍କର ସେବା କରିବାକୁ ଓ ମାଙ୍କୁ ଖାଦ୍ୟ ପୁଡ଼ିଆ ତିଆରି କରି ଦେବା ପାଇଁ ଶିକ୍ଷା ଦେଇଥାନ୍ତି। ମୋର ବାପା ମାଧବଙ୍କର ଭଜନ ଗାନ କରିବାକୁ ଭଲ ପାଉଥିଲେ। ସେ ଏପରି କାହିଁକି କରୁଛନ୍ତି ଦିନେ ପଚାରିବାରୁ ସେ କହିଥିଲେ ମାର ଅର୍ଥ ମାୟା, ଧବର ଅର୍ଥ ପ୍ରଭୁ ସେ ଜାତ ହେଉଛନ୍ତି, ନାଶ ହେଉଛନ୍ତି, ଜୀବନ ମାୟାର ଅଂଶ। ସାଧକ ହେଉଛନ୍ତି ସର୍ବମୟ କର୍ତ୍ତା। ଏତେ ବଡ଼ ବଡ଼ କଥା ମୋ ମୁଣ୍ଡରେ ପଶୁନଥିଲା।ଖରା ଦିନେ ସହରର ବିଭିନ୍ନ କେନ୍ଦ୍ରକୁ ନେଇ ମାଟି ହାଣ୍ଡିରେ ପାଣି ରଖି ପଥିକମାନଙ୍କୁ ସେ ପାଣି ଯୋଗାଇ ଥାନ୍ତି। ସେ ଧନାଢ୍ୟ ବ୍ୟକ୍ତିଙ୍କ ସହାୟତାରେ ଅନେକ ଗରୀବ ଝିଅମାନଙ୍କର ବାହାଘର କରି ତାଙ୍କର ଘର ବସାଇଛନ୍ତି। ଜାନୁଆରୀ ୨୬, ଅଗଷ୍ଟ ପନ୍ଦର ପ୍ରଭୃତି ଦିନ ମାନଙ୍କରେ ସେ ଦେଶପ୍ରେମର ବାର୍ତ୍ତା ସ୍କୁଲର ପିଲାମାନଙ୍କୁ ଦେଉଥିଲେ। ପୂଜାପାର୍ବଣ ଗୁଡ଼ିକରେ ଭଜନ, ଧ୍ୟାନ, ନୀରବତା, ସଞ୍ଚୟ ଅଭ୍ୟାସ ପ୍ରଭୃତିର ମହତ୍ୱ ଅକ୍ଷରେ ଅକ୍ଷରେ ବୁଝାଇ ଦେଉଥିଲେ। ତାଙ୍କୁ ଘରେ ବାହାରେ ସମସ୍ତେ ଏକ ପ୍ରାଣରେ ଭଲ ପାଉଥିଲେ। ମୋ ବାପା ମୋ ପାଇଁ ଏକରକମ୍ବର ଭଗବାନ ଥିଲେ କାରଣ ସେ ସଚରାଚର ଜଗତରେ ଭଗବାନ ଦିବ୍ୟମାନ ଅଛନ୍ତି ବୋଲି ବୁଝାଇବା ସହିତ ଇତର ଜଗତର ସେବା କରୁଥିଲେ। ଭଗବାନଙ୍କ ପ୍ରଦତ୍ତ ପଞ୍ଚମହାଭୂତର (ଆକାଶ, ବାୟୁ, ଜଳ, ପୃଥିବୀ, ଅଗ୍ନି) କିପରି ବ୍ୟବହାର କରିବାକୁ ହୁଏ ତାହାକୁ ଶିକ୍ଷା ଦେଉଥିଲେ। ସମସ୍ତଙ୍କୁ ଭଲ ପାଇବା ଓ ସର୍ବଦା ଆନନ୍ଦରେ ରହିବାକୁ ଉପଦେଶ ଦେଉଥିଲେ। ମୋର କାଲିପରି ମନେ ଅଛି ଯେଉଁଦିନ ମୋ ରବାପା ତାଙ୍କର ଅବସର ନେବା ବିଷୟରେ ଘୋଷଣା କଲେ, ମାଙ୍କ ମନ ଦୁଃଖି ହୋଇଯାଇଥିଲା। ଏତେ ବଡ଼ ସଂସାର ଅଧା ପଇସାରେ ଚଳିବ କିପରି ବାପା କିନ୍ତୁ ଅବସର କଥାରେ ଖୁବ ଖସି। ଡାକ୍ତର, ଇଂଜିନିୟର, ଓକିଲ ଏପରିକି ଭାରତର ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ ସମସ୍ତେ ଅବସର ନିଅନ୍ତି କିନ୍ତୁ ତାଙ୍କର ଅବସର ନେବାର ଦିନର ଆସିଯାଉଥିବା ସମୟକୁ ନେଇ ପରିବାରର ଲୋକମାନେ ଏତେ ଦୁଃଖିତ କାହିଁକି ? ଏହାର କାରଣ ଥିଲା ବାପା ଥିଲେ ଆମର କଳ୍ପବୃକ୍ଷ। ଆମେ ଜାଣିଥିଲୁ ଆମେ ମାଗିବା ମାତ୍ରେ ଆମର ଉଚିତ ପ୍ରାର୍ଥନା ଗୁଡ଼ିକୁ ସେ ଶୁଣୁଥିଲେ ଓ ପୂରଣ କରୁଥିଲେ ଓ ଅବସର ପରେ ସେ ସବୁ ଊଣା ହୋଇଯିବାର ଆଶଙ୍କାରେ ଆମେ ଶଙ୍କିତ ଥିଲୁ। ମୁଁ କିନ୍ତୁ ମୋର ମନର ଭାବନାକୁ କାହା ଆଗରେ ପ୍ରକାଶ କରିନଥିଲି। ବାପାଙ୍କ ଶେଷ ସମୟ ଉପସ୍ଥିତ ହେଲା। ଭାଇ, ବନ୍ଧୁ, କୁଟୁମ୍ବ ତାଙ୍କର ଛାତ୍ର ସମାଜର ବିଭିନ୍ନ ବର୍ଗର ଲୋକ ଉପସ୍ଥିତ ଥାଇ କ୍ରନ୍ଦନ କରୁଥାନ୍ତି। ସମସ୍ତଙ୍କ ପାଟିରେ ଗୋଟିଏ କଥା, 'ଆପଣ କାହିଁକି ଆମକୁ ଛାଡ଼ି ଚାଲିଯାଉଛନ୍ତି। ଆପଣଙ୍କୁ ଖୁସି କରିବାରେ କେବେ ଅବହେଳା କରିଛୁକି ? ଆପଣ କୁହନ୍ତୁ ଆପଣଙ୍କୁ ଖୁସି କରିବାକୁ ଆମେ କଣ କରିବୁ ? ଦରକାର ପଡ଼ିଲେ ଆମର ସ୍ତ୍ରୀ ପିଲା ସମସ୍ତଙ୍କୁ ଛାଡ଼ି ତୁମ ପାଖକୁ ଚାଲି ଆସିବୁ। ଆମେ ଆମର ଚକ୍ଷୁ, ବୃକକ, ହୃଦୟ ସବୁ କିଛି ଦାନ କରିବାକୁ ରାଜି ଅଛୁ। ଦରକାର ପଡ଼ିଲେ ସମସ୍ତ ଧନ ମଧ୍ୟ ଆପଣଙ୍କୁ ଦେଇଦେବୁ ହେଲେ ଆପଣ ଆମକୁ ଛାଡ଼ି ଯାଆନ୍ତୁ ନାହିଁ। ମୋର ବାପା ଚିରନିଦ୍ରାରେ ଶୋଇଯିବା ପୂର୍ବରୁ ଯେଉଁ କେତୋଟି କଥା କହିଥିଲେ ତାହା ଆଜି ମଧ୍ୟ ମୋ ମନରେ ଝଙ୍କୃତ ହେଉଛି ତାହାଥିଲା 'ମୁଁ ତୁମକୁ କଷ୍ଟ ଦେବା ପାଇଁ ତୁମର ବାପା ହୋଇନଥିଲି। ମୁଁ ତୁମର ଧନ ସମ୍ପତ୍ତି କିଛି ଚାହୁଁନଥିଲି। ତୁମର ସ୍ତ୍ରୀ, ପିଲାଙ୍କୁ ଦୁଃଖ ପହଞ୍ଚାଇବା ପାଇଁ ମୁଁ ଆସି ନଥିଲି। ମୁଁ ତୁମ ମାନଙ୍କ ଠାରୁ ଏତିକି ଚାହୁଁଥିଲି, ତୁମେ ସବୁବେଳେ ସବୁ ସମୟରେ ଆନନ୍ଦରେ ରୁହ। ନିଃସ୍ୱାର୍ଥ ପ୍ରେମ ଓ ସେବାରେ ବ୍ରତୀ ହୁଅ।'

*ଅବସରପ୍ରାପ୍ତ ପ୍ରଧାନଶିକ୍ଷିକା, ସେକ୍ଟର-୧୦, ସିଡିଏ, କଟକ, ଦୂରଭାଷ : ୯୬୯୨୯୮୦୦୨୬*

# କନ୍ୟାରତ୍ନ ଲୋଡ଼ା ସ୍ନେହ ଓ ସହଯୋଗର ପ୍ରୟତ୍ନ

ଝିଅ ଆଜି ମହାକାଶରେ ନିଜ ବିଜୟ ତ୍ରିରଙ୍ଗା ଉଡାଉଛି। ଘରଠୁ ସାଂସଦ, ପୃଥିବୀ ପୃଷ୍ଠରୁ ଚନ୍ଦ୍ରପୃଷ୍ଠ ପର୍ଯ୍ୟନ୍ତ ନିଜର ଉପସ୍ଥିତି ପ୍ରମାଣିତ କରିବାରେ କୌଣସି ସୁଯୋଗ ସେ ହାତଛଡ଼ା କରିନାହିଁ। ତଥାପି ଆମ ପୁରୁଷପ୍ରଧାନ ସମାଜ ନାରୀକୁ ତାର ହକ୍ ଦେବାରେ କୁଣ୍ଠିତ। ଝିଅଟିଏ ଜନ୍ମ ହେଲେ ଆଜି ବି ସେ ବ୍ୟସ୍ତ ହୋଇପଡୁଛି ଭବିଷ୍ୟତ କଥା ଚିନ୍ତାକରି। ଶିକ୍ଷା, ବିଜ୍ଞାନ, ବୈଷୟିକ, ଚିକିତ୍ସା ଆଦି ସମସ୍ତ କ୍ଷେତ୍ରରେ ପୁଅଙ୍କୁ ପଛରେ ପକାଇବାର ସାମର୍ଥ୍ୟ ରଖୁଥିବା ଝିଅ ଆଜି ବି ସମାଜରେ ଅବଳା-ଦୁର୍ବଳା ଉପନାମ ନେଇ ବଞ୍ଚୁଛି। ସମାଜରେ ଝିଅ ଓ ପୁଅ ମଧ୍ୟରେ ଥିବା ଅସମାନତାକୁ ଦୂର କରିବା ଲାଗି ପ୍ରତି ବର୍ଷ ଜାନୁଆରୀ ୨୪କୁ ଜାତୀୟ କନ୍ୟା ସନ୍ତାନ ଦିବସ ରୂପେ ପାଳନ କରାଯାଉଛି। ଦେଶରେ ଝିଅଙ୍କୁ ଅଧିକ ସମର୍ଥନ ଓ ସୁଯୋଗ ପ୍ରଦାନ ଉଦ୍ଦେଶ୍ୟରେ ଏହି ଦିବସ ଆରମ୍ଭ ହୋଇଥିଲା। ସମାଜର ପ୍ରତିଟି କ୍ଷେତ୍ରରେ ନାରୀର ଅବଦାନକୁ ଲୋକଲୋଚନକୁ ଆଣିବା ଏହି ଦିବସର ମୁଖ୍ୟ ଉଦ୍ଦେଶ୍ୟ। ଝିଅଙ୍କୁ ନେଇ ଅସମାନତା ଏକ ବହୁତ ବଡ଼ ସମସ୍ୟା, ଯାହା ବିଭିନ୍ନ ପ୍ରକାର ଯଥା ଶିକ୍ଷା, ପୋଷଣ, ନ୍ୟାୟିକ ଅଧିକାର, ଚିକିତ୍ସା, ସୁରକ୍ଷା, ସମ୍ମାନ, ବାଲ୍ୟ ବିବାହ ଇତ୍ୟାଦି। ଏହି ଅସମାନତା ଦୂର କରିବା ସହିତ ଲିଙ୍ଗ ନିର୍ବିଶେଷରେ ପୁଅ ଓ ଝିଅ ଉଭୟ ସମାନ ବୋଲି ଦେଶର ପ୍ରତିଟି ବର୍ଗର ବ୍ୟକ୍ତିଙ୍କୁ ବୁଝାଇବା ଆଜି ଦିବସର ଲକ୍ଷ୍ୟ। ଆଜି ସବୁଠି କନ୍ୟା ସନ୍ତାନ ମାନଙ୍କ ଗୌରବଦୀପ୍ତ ପ୍ରତିଭା ବିଶ୍ୱର ସବୁ କ୍ଷେତ୍ରରେ ସବୁ ସ୍ଥାନରେ, ସବୁ ବୃତ୍ତିରେ ପହଞ୍ଚି ପାରିଛି। ଅବଳା ଦୁର୍ବଳା ଭାବେ ଘରର ଚାରି କାନ୍ଥ ଭିତରେ ଆବଦ୍ଧ ନାହିଁ ଆଜିର କନ୍ୟା ରତ୍ନଟି। ଘରର ଏ ଗୁଣ୍ଡି ବନ୍ଧ ଡେଇଁ ନିଜେ ଅବଳା ଦୁର୍ବଳା ନୁହେଁ ପରିବାରର ପ୍ରତିପୋଷଣ ହେଉ ବା ଘରର ପ୍ରତିକୂଳତାର ବୋଝ ସବୁକୁ ନିଜ ମୁଣ୍ଡରେ ଗ୍ରହଣ କରି ସେବା ଓ ଗୌରବ ପାଇଁ ତତ୍ପର ହେଉଛି। ନିକଟରେ ଓଡ଼ିଶାର ଚାରିଜଣ ଝିଅ ଗୌରବାନ୍ୱିତ କରିଛନ୍ତି ଅଦମ୍ୟ ସାହାସିକତା ପାଇଁ। ବୁଡ଼ି ଯାଉଥିବା ଅନ୍ୟ ଜଣଙ୍କୁ ଗଭୀର କୂଅ ଭିତରୁ ଜଣେ ଉଦ୍ଧାର କରିଛି ତ ଜଣେ ବୁଡ଼ି ଯାଉଥିବା ବୟସ୍କ ଲୋକଟିଙ୍କୁ କୁମ୍ଭୀର ଭରା ନଈରୁ ଉଦ୍ଧାର କରିଛି। ସବୁ କ୍ଷେତ୍ରରେ ଆଜି କନ୍ୟା ସନ୍ତାନଙ୍କ ଗୌରବର ଜୟଯାତ୍ରା ବଢ଼ି ବଢ଼ି ଚାଲିଛି। ଅନେକ ବଣମଲ୍ଲୀ ପରି ପ୍ରତିଭାବାନ କନ୍ୟା ରତ୍ନ ମାନେ ଆଜି ବି ପ୍ରଚାର ପ୍ରସାର ଅଭାବରୁ ସମାଜର ସଫଳ ପ୍ରତିଫଳିତ



ଡ଼ଃ.ଅରୁନ୍ଧତୀ ଦେବୀ

ଆଇନା ସାମ୍ନାକୁ ଆସି ପାରୁନାହାଁନ୍ତି। ଯୁଗାବତାର ପୂଜ୍ୟଶ୍ରୀ କୁମାର ଭାଇଙ୍କ ହାତଗଢ଼ା ଅନୁଷ୍ଠାନ ଆନ୍ତର୍ଜାତିକ ଅଶୋଭନୀୟତା ନିରୋଧ ଆନ୍ଦୋଳନ ବିଶ୍ୱର ଏକ ଅଦ୍ୱିତୀୟ ନାରୀ ଶକ୍ତି ଓ କନ୍ୟା ରତ୍ନ ମାନଙ୍କୁ ସମ୍ମାନ, ଗୌରବ, ସହଯୋଗ, ଭଲପାଇବା ଯୋଗାଇ ସମାଜରେ ମାନବୀୟ ମୂଲ୍ୟବୋଧ ପ୍ରଚାର ଓ ପ୍ରସାର କରୁଛି ଏହି ଅନୁଷ୍ଠାନ। ଏହି ଅନୁଷ୍ଠାନର ସମସ୍ତ ଦାୟିତ୍ୱରେ କନ୍ୟାରତ୍ନମାନେ, ପ୍ରତିଭାଦୀପ୍ତ ସାଧିକା ମାନଙ୍କ ଆଦର୍ଶ ଓ ଅନୁପ୍ରେରଣାକୁ ଗ୍ରହଣ କରି ସମାଜର କ୍ରାନ୍ତିକାରୀ ସେବାରେ ନିଜର ମହତ୍ତ୍ୱ ଅବଦାନ ବଢ଼ାଉଛନ୍ତି। ସରକାରଙ୍କ ସ୍ଥାନ ସଂରକ୍ଷଣ ମହିଳା ବିଲ ହେଉ ବା ଯେ କୌଣସି ପ୍ରୋତ୍ସାହନମୂଳକ ସଂରକ୍ଷଣ କାର୍ଯ୍ୟକ୍ରମ ଏହା ଅତ୍ୟନ୍ତ ଜରୁରୀ ଓ ପ୍ରୟୋଜନୀୟ ବର୍ତ୍ତମାନ ସମୟ ପାଇଁ। ଆଜି କେବଳ ଓଡ଼ିଶା ବା ଭାରତ ନୁହେଁ ସମଗ୍ର ବିଶ୍ୱରେ କନ୍ୟାରତ୍ନ ମାନଙ୍କ ବିଭିନ୍ନ ଗୌରବର କାର୍ଯ୍ୟ ବିଶ୍ୱ ଗଣମାଧ୍ୟମକୁ ଚର୍ଚ୍ଚିତ କରୁଛି। ମହାକାଶ ଗବେଷଣା ଠାରୁ କ୍ରୀଡ଼ା, ସୃଜନଶୀଳତା ଠାରୁ ରାଜନୀତି, ସମାଜ ସେବା ଠାରୁ ବିଜ୍ଞାନ, ଆଧ୍ୟାତ୍ମିକତା ଠାରୁ ଚିକିତ୍ସା ସେବା, ସେନାବାହିନୀ ଠାରୁ ଶିକ୍ଷାଦାନ ସବୁଠି, ସବୁକ୍ଷେତ୍ରରେ, ସବୁ କାର୍ଯ୍ୟକ୍ରମରେ ଶ୍ରେଷ୍ଠତା ପ୍ରତିପାଦନ କରୁଛନ୍ତି। ତଥାପି ବର୍ତ୍ତମାନ ସମୟରେ କନ୍ୟାରତ୍ନ ମାନଙ୍କ ପ୍ରତି ଅନେକ ସମୟରେ ସଂଗଠିତ ହେଉଥିବା ହୃଦୟ ବିଦାରକ ଘଟଣା ସମାଜର ସବୁ ମହଲକୁ ବ୍ୟଥିତ କରୁଛି। ଅନେକ ସ୍ଥାନରେ ସେମାନଙ୍କ ପ୍ରତି ଦୁର୍ବ୍ୟବହାର, ଅପମାନଜନକ ବ୍ୟବହାର, ସେମାନଙ୍କ ମାନସିକତାକୁ କ୍ଷତବିକ୍ଷତ କରୁଛି। ତେବେ ଆଜି ଜାତୀୟ କନ୍ୟାରତ୍ନ ଦିବସ ଅବସରରେ କେବଳ ସରକାର ବା ଅନୁଷ୍ଠାନ ଦ୍ୱାରା ସହଯୋଗପୂର୍ଣ୍ଣ ଦାୟିତ୍ୱବୋଧତାକୁ ଗୁରୁତ୍ୱ ଦେବା ପୂର୍ବରୁ ଆମ ସମସ୍ତଙ୍କ ଭିତରେ କନ୍ୟାରତ୍ନ ମାନଙ୍କ ପ୍ରତି ନିଜ ନିଜ ସୀମାସାଧ ମତେ ସହଯୋଗ, ପ୍ରେରଣା, ଭଲପାଇବା ଅତୀବ ଜରୁରୀ। ସେମାନେ ଯେଉଁକ୍ଷେତ୍ରରେ ଯେଉଁ ପରିସ୍ଥିତିରେ ଥାଆନ୍ତୁନା କାହିଁକି ସମାଜର ଏକ ଶ୍ରେଷ୍ଠ ଗୌରବପୂର୍ଣ୍ଣ ସେବା ଭାବେ ବିଚାର କରି ଆମ୍ଭେମାନେ ନିଜସ୍ୱ ଉଦ୍ୟମ ଓ ସହଯୋଗରେ ସେମାନଙ୍କ ପ୍ରତିଭା, ସେମାନଙ୍କ ସମ୍ମାନକୁ ବଢ଼ାଇବା ପାଇଁ ପ୍ରଚେଷ୍ଟା ଜାରି ରଖିବା। ଏହି ମାନସିକତା କେବଳ ଧନୀ, ଗରିବ, ଶିକ୍ଷିତ, ଅଶିକ୍ଷିତ ଚିନ୍ତନର ଗଣ୍ଡି ଭିତରୁ ଊର୍ଦ୍ଧ୍ୱକୁ ଯାଇ କନ୍ୟାରତ୍ନଙ୍କ ପାଇଁ କିଛିଟା କରିପାରିବାର ମାନସିକତା ରଖିଲେ ଆଜି ଦିନର ଅନ୍ତର୍ନିହିତ ତାତ୍ପର୍ଯ୍ୟ ଏହି ଦିନର ମହତ୍ତ୍ୱକୁ ବଢ଼ାଇପାରିବ।

*ନିର୍ଦ୍ଦେଶିକା-ସମ୍ପାଦିକ, ଆନ୍ତର୍ଜାତିକ ଅଶୋଭନୀୟତା ନିରୋଧ ଆନ୍ଦୋଳନ, କଟକ, ଦୂରଭାଷ : ୯୯୩୭୧୭୨୮୧୦*

# ଏବେ ମଧ୍ୟ ସାମ୍ରାଜ୍ୟବାଦୀ ମାନସିକତାର ନିଶାରେ ବ୍ରିଟେନ

ବୋଧ ହୁଏ ବ୍ରିଟିଶ ମାନଙ୍କର ସାମ୍ରାଜ୍ୟବାଦୀ ମାନସିକତାର ହ୍ୟାଙ୍ଗ ଓଭର ଏବେ ମଧ୍ୟ ରହିଛି । ସେମାନେ ପୂର୍ବରୁ କହୁଥିଲେ ବ୍ରିଟିଶ ସାମ୍ରାଜ୍ୟରେ ସୂର୍ଯ୍ୟ କେବେ ଅସ୍ତ ହୁଏ ନାହିଁ। ବୋଧ ହୁଏ ଗୋରା ମାନଙ୍କର ସେହି ମାନସିକତା ଆଜି ମଧ୍ୟ ରହିଛି । ସେମାନେ ଏବେ ମଧ୍ୟ ନିଜକୁ ସେହି ମାନସିକତାରେ ରଖିଛନ୍ତି। ଏବେର ଘଟଣାରୁ ଏହା ହିଁ ସ୍ପଷ୍ଟ ହେଉଛି । ଭାରତକୁ ଅନେକ ବର୍ଷ ଧରି ଶାସନ କରିଥିବା ଓ ଭାରତରୁ ଲକ୍ଷ ଲକ୍ଷ କୋଟି ଟଙ୍କା ଲୁଣ୍ଠନ କରି ବିକଶିତ ଦେଶରେ ପରିଣତ ହୋଇଥିବା ବ୍ରିଟେନର ଏକ ସଂସ୍ଥା ରହିଛି ଯାହାର ନାମ ହେଉଛି ବ୍ରିଟିଶ ବ୍ରଡକାଷ୍ଟିଂ କର୍ପୋରେସନ ବା ବିବିସି । ଏହି ସଂସ୍ଥା ପକ୍ଷରୁ ଏକ ଡକ୍ୟୁମେଂଟାରୀ ଜାରୀ କରା ଯାଇଛି। ଡକ୍ୟୁମେଂଟାରୀର ନାମ ହେଉଛି - ଇଣ୍ଡିଆ ଦି ମୋଦୀ କ୍ୱୋଶ୍ଚେନ । ଦୁଇଟି ପାର୍ଟରେ ଏହି ଡକ୍ୟୁମେଂଟାରୀ ପ୍ରସ୍ତୁତ କରା ଯାଇଛି । ଏହି ଡକ୍ୟୁମେଂଟାରୀରେ ୨୦୦୨ ମସିହାରେ ଗୁଜରାତରେ ହୋଇଥିବା ଦଙ୍ଗା ପାଇଁ ଗୁଜରାତର ତତ୍କାଳୀନ ମୁଖ୍ୟମନ୍ତ୍ରୀ ତଥା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଦାୟୀ କରା କରି ପ୍ରଦର୍ଶିତ କରା ଯାଇଛି । ଏହି ଡକ୍ୟୁମେଂଟାରୀରେ କୌଣସି ତଥ୍ୟ - ପ୍ରମାଣ ନାହିଁ । ମୋଦୀ ଓ ଭାରତ ବିରୋଧୀ ବୋଲି ଧରା ଯାଉଥିବା ବ୍ରେକିଂ ଇଣ୍ଡିଆ ଫୋର୍ସର ସଦସ୍ୟ ମାନଙ୍କର ବକ୍ତବ୍ୟ ଓ ଅନ୍ୟ ମାନଙ୍କ ବକ୍ତବ୍ୟକୁ ନେଇ ଏ ଭଳି ଏକ ଚିତ୍ର ପ୍ରସ୍ତୁତ କରିବାକୁ ଚେଷ୍ଟା କରା ଯାଉଛି । ଏହି ମାମଲାରେ ତଳ କୋର୍ଟ ଠାରୁ ଆରମ୍ଭ କରି ସୁପ୍ରିମକୋର୍ଟ ଯାଏ, ସୁପ୍ରିମକୋର୍ଟର ତଦାରଖରେ ଏସଆଇଟି ଦ୍ୱାରା ଜାଂଚ କରା ଯିବା ପରେ ନରେନ୍ଦ୍ର ମୋଦୀ ଯେ ଏହି ମାମଲାରେ କୌଣସି ପ୍ରକାର ଭୁଲ ନ ଥିଲା ଓ ସମ୍ପୂର୍ଣ୍ଣ ନିର୍ଦୋଷ ତାହା ସ୍ପଷ୍ଟ ହୋଇ ସାରିଛି । କଂଗ୍ରେସର ଶାସନକାଳରେ ଜଣେ ମୁଖ୍ୟମନ୍ତ୍ରୀ ଭାବେ ତାଙ୍କୁ ୯-୯ ଘଂଟା ପଚାରା ଉଚୁରା କରା ଯାଇଥିଲା । ସମସ୍ତ ଜାଂଚ ପରେ ତାଙ୍କୁ କ୍ଲିନ ଚିଟ ଦିଆ ଯାଇଥିଲା । ବିବିସି ଏଭଳି ଏକ ଡକ୍ୟୁମେଂଟାରୀ ପ୍ରସ୍ତୁତ କରି ଭାରତର ପୋଲିସ-ଆଇନ ଓ ନ୍ୟାୟ ବ୍ୟବସ୍ଥା ଉପରେ ପ୍ରଶ୍ନ ଉଠା ଯାଇଛି । ବିଶ୍ୱର ସବୁଠାରୁ ବଡ ଗଣତନ୍ତ୍ରର ଶାସନ ବ୍ୟବସ୍ଥାକୁ ବିନା କୌଣସି ତଥ୍ୟ ପ୍ରମାଣରେ ପକ୍ଷପାତୀ ଭାବେ ପ୍ରଶ୍ନ ଉଠା ଯାଇଛି । ଏବେ ପ୍ରଶ୍ନ ଉଠୁଛି ଯେ ବିବିସି ଦୀର୍ଘ ୨୦ ବର୍ଷ ପରେ ଏପରି କାହିଁକି କଲା । ବିବିସି ସଂସ୍ଥା ହେଉଛି ବ୍ରିଟେନର ସରକାରୀ ସଂସ୍ଥା । ବ୍ରିଟେନର ଗୋରା ମାନେ ଆମ ଉପରେ ଦୀର୍ଘ ଦିନ ଧରି ରାଜୁତି କରିଥିଲେ । ଭାରତର ଲୋକ ମାନଙ୍କୁ ଶୋଷଣ କରି ଧନ- ସମ୍ପଦ- ବୈଭବକୁ ଲୁଣ୍ଠନ କରି ନେଇଥିଲେ । ଯେତେବେଳେ ସେମାନେ ଭାରତ ଛାଡି ଯିବାକୁ ବାଧ୍ୟ ହେଲେ ସେତେବେଳେ ସେମାନେ ତଥାପି ଭାବୁଥିଲେ ଯେ ଭାରତ ନିକଟରେ ପୁଣି ଥରେ ସାରା ବିଶ୍ୱକୁ ନେତୃତ୍ୱ କରିବାର ସାମର୍ଥ୍ୟ ରହିଛି । ତେଣୁ ସେମାନେ ଭାରତକୁ ବିଭାଜିତ କରି ପାକିସ୍ତାନ ତିଆରି କଲେ ଯଦ୍ୱାରା ପାକିସ୍ତାନ ଭାରତକୁ ହଇରାଣ କରିବ ଓ ଭାରତ ଆଗକୁ ବଢି ପାରିବ ନାହିଁ ସେମାନେ ଆଉ ଏକ କାମ କରିଥିଲେ । ସେମାନେ ଭାରତ ଛାଡି ଗଲା ବେଳେ ଯେଉଁ ଲୋକ ମାନଙ୍କ ହାତରେ ଶାସନ କ୍ଷମତା ଦେଇଥିଲେ ସେମାନେ ଯଦିଓ ଭାରତୀୟ ଥିଲେ, ହେଲେ ସେମାନଙ୍କର ଭାରତୀୟ ସଂସ୍କୃତି, ପ୍ରତୀକ ଓ ପରମ୍ପରାରେ କୌଣସି ବିଶ୍ୱାସ ନ ଥିଲା । ସେମାନେ ଭାରତୀୟତାକୁ ଅତ୍ୟନ୍ତ ହୀନ ଓ ଘୃଣା ଦୃଷ୍ଟିରେ ଦେଖୁଥିଲେ । ସେମାନେ ଭାରତକୁ ଭାରତର ମୂଳ ପରିଚୟ ଆଧାରରେ ନୁହେଁ ବରଂ ଗୋରା ମାଲିକ ମାନଙ୍କର ଚିନ୍ତନ ସେମାନଙ୍କର ବ୍ୟବସ୍ଥା ଆଧାରରେ ଗଢିବାକୁ ଲାଗିଥିଲେ । ବ୍ରିଟେନର ଗୋରା ମାନଙ୍କୁ ଏଭଳି ନେତୃତ୍ୱ ହାତରେ ଭାରତର ଶାସନ କ୍ଷମତା ଦେବାରେ କୌଣସି ଅସୁବିଧା ନ ଥିଲା, କାରଣ ସେମାନେ ଜାଣିଥିଲେ ଯେ ଏହା ଦ୍ୱାରା ପ୍ରକାରାନ୍ତରେ ତାଙ୍କର ଶାସନ ହିଁ ଚାଲୁ ରହିବ । ଏଭଳି ଦୀର୍ଘ ସମୟ ଧରି ଚାଲୁ ମଧ୍ୟ ରହିଥିଲା । ହେଲେ ୨୦୧୪ ମସିହାରେ ସବୁ କିଛି ଓଲଟା ପାଲଟା ହୋଇ ଗଲା । ୨୦୧୪ ମସିହା ସାଧାରଣ ନିର୍ବାଚନରେ ପ୍ରଥମ ଥର ପାଇଁ ଦେଶର ୧୩୦ କୋଟି ଜନସାଧାରଣ ଏଭଳି ଏକ ସରକାରକୁ ନିର୍ବାଚିତ କଲେ ଯାହା ଏହି ଦେଶର ମାଟି, ସଂସ୍କୃତି ସଭ୍ୟତା, ପ୍ରତୀକରୁ ପ୍ରେରଣା ଲାଭ କରୁଥିଲା, ଗୋରା ମାନଙ୍କ ଠାରୁ ନୁହେଁ । ଏହା ବ୍ରିଟେନର ଗୋରା ମାନଙ୍କ ପାଇଁ ତଥା ଭାରତରେ ଥିବା ସେମାନଙ୍କର ମାନସିକ ଭାବେ ଗୋଲାମ ମାନଙ୍କ ଏକ ଶକ୍ତ ଧକ୍କା ଥିଲା । ସେମାନେ ଏହାକୁ ହଜମ କରି ପାରୁ ନ ଥିଲେ । ୨୦୧୪ ମସିହା ପରେ ୨୦୧୯ ମସିହାରେ ମଧ୍ୟ ଏହି ସରକାରକୁ ଲୋକ ମାନେ ପୁଣି ଥରେ ଜିତାଇଲେ । ଏହା ଗୋରା ମାନଙ୍କ ପାଇଁ ଓ ଭାରତରେ ଥିବା ବ୍ରେକିଂ ଇଣ୍ଡିଆ ଫୋର୍ସର ସଦସ୍ୟ ମାନଙ୍କ ପାଇଁ ଅସହ୍ୟ ଥିଲା । ଏବେର ସରକାର ଭାରତର ପୁରାତନ ସଭ୍ୟତା, ସଂସ୍କୃତି ଆଧାରରେ ଅଗ୍ରସର ହେଉଛି । କେବଳ ସେତିକି ନୁହେଁ ଭାରତର ସାଂସ୍କୃତିକ ଉତଥାନ ସହିତ ଭାରତ ଆର୍ଥିକ ପ୍ରଗତି ମଧ୍ୟ ଦୃତ ଗତିରେ କରୁଛି । ଏବେ ଭାରତ ଗୋରା ମାନଙ୍କ ଆଗରେ ଆଖିରେ ଆଖି ମିଶାଇ କଥା କହୁଛି ଓ ତାଙ୍କୁ ଉଚିତ ଜବାବ ଦେଉଛି । ଆର୍ଥିକ ମାମଲାରେ ଭାରତ ବ୍ରିଟେନକୁ ମଧ୍ୟ ପଛରେ ପକାଇ ସାରିଲାଣି । ଯେଉଁ ଦେଶଉପରେ ଦୀର୍ଘ ଦିନ ଧରି ଗୋରା ମାନେ ଶାସନ କରିଥିଲେ ତାର ଏଭଳି ପ୍ରଗତି ହେବାକୁ ଦେଖିବା ତାଙ୍କ ପକ୍ଷେ ସହ୍ୟ ହେଉ ନାହିଁ ।



ଡ .ସମନ୍ୱୟ ନନ୍ଦ

ଏବେ ଏହି ଶକ୍ତି ମାନେ ତାଙ୍କ ଦେଶର ଏହି ବିବିସି ନାମକ ଉପକରଣ ଜରିଆରେ ଏହି ଡକ୍ୟୁମେଂଟାରୀ ଜାରି କରିଛନ୍ତି । ଏହି ଡକ୍ୟୁମେଂଟାରୀ ଆସିବା ପରେ ଭାରତରେ ବସିଥିବା ତାଙ୍କର ମାନସପୁତ୍ର ମାନେ ଖୁସିରେ ନାଚ -ଗୀତ କରିବା ଓ ଡେଇଁବା ଆରମ୍ଭ କରି ଦେଇଛନ୍ତି । ସେମାନଙ୍କର ଖୁସିର ସୀମା ନାହିଁ । ତେବେ ଭାରତର ଲୋକ ମାନେ ଏହାକୁ ଭଲ ଭାବେ ବୁଝି ସାରିଛନ୍ତି । ତେଣୁ ଏହି ନାଚକୁଦ କରୁଥିବା ଗୋଷ୍ଠୀକୁ ଏଥିରୁ କୌଣସି ଲାଭ ହେବ, ସେପରି ଲାଗୁ ନାହିଁ। ଚୀନର ସରକାରୀ ସମ୍ବାଦପତ୍ର ଗ୍ଲୋବାଲ ଟାଇମ୍ସ ଖୋଲା ଖୋଲି ଭାବେ ଭାରତ ବିରୋଧୀ । ତେବେ ଏହି ସମ୍ବାଦପତ୍ରର ଏକ ସ୍ତମ୍ଭଲେଖକ ଏହି ପ୍ରସଙ୍ଗକୁ ନେଇ ଯାହା ଲେଖିଛନ୍ତି ତାହା ଯଥାର୍ଥ ଭଳି ମନେ ହେଉଛି । ସେ ଲେଖିଛନ୍ତି - "ଭାରତ ଉପରେ ଅଧିରାଜତ୍ୱ ଥିବାର ମାନସିକତା ବ୍ରିଟେନ ମଧ୍ୟରେ ଏବେ ମଧ୍ୟ ରହିଛି । ବ୍ରିଟେନର ଅଧୀନରେ ଥିବା ଏକ ଦେଶ ଭାରତ ଯେତେବେଳେ ତାଙ୍କୁ ଜିଡିପି କ୍ଷେତ୍ରରେ ପଛରେ ପକାଇ ଦେଇଛି ସେତେବେଳେ ବ୍ରିଟେନକୁ ଏହା ମାନସିକ ଭାବେ କଷ୍ଟ ଦେଉଛି। ଭାରତ ଯେତେ ବିକଶିତ ହେବ ବ୍ରିଟେନର କଷ୍ଟ ବଢି ବଢି ଚାଲିବ ।" ବର୍ତ୍ତମାନର ଘଟଣା ଉପରେ ଚୀନର ସ୍ତମ୍ଭ ଲେଖକଙ୍କ ଏହି ବ୍ୟାଖ୍ୟା ଠାରୁ ଯଥାର୍ଥ ବ୍ୟାଖ୍ୟା ବୋଧ ହୁଏ ଆଉ ହୋଇ ନ ପାରେ । ଯେଉଁ ଦେଶ ତାଙ୍କର ଅଧୀନରେ ଥିଲା ସେହି ଦେଶ ଆଜି ତାଙ୍କ ଠାରୁ ଆର୍ଥିକ ଦୃଷ୍ଟିରେ ଆଗକୁ ଚାଲିଗଲାଣି । ତେଣୁ ଗୋରା ମାନେ ଛଟପଟ ହେବା ସ୍ୱାଭବିକ ।

ଭାରତ ସରକାର ଏହାକୁ ନେଇ ଅତ୍ୟନ୍ତ କଠୋର ପ୍ରତିକ୍ରିୟା ଦେଇଛନ୍ତି। ବୈଦେଶିକ ମନ୍ତ୍ରଣାଳୟର ପ୍ରବକ୍ତା ଅରିନ୍ଦନ ବାଗଚୀ ଏ ସମ୍ପର୍କରେ ପଚାରା ଯାଇଥିବା ପ୍ରଶ୍ନର ଉତରରେ କହିଛନ୍ତି - "ମୋତେ ସ୍ପଷ୍ଟ କରିବାକୁ ଦିଅନ୍ତୁ ଆମ ମତରେ ଏହା ଏକ ପ୍ରପାଗଣ୍ଡା ପିସ୍ ଅଟେ । ଏହାର ଉଦ୍ଦେଶ୍ୟ ଏଭଳି ଏକ ନ୍ୟାରେଟିଭକୁ ପ୍ରସ୍ତୁତ କରିବା ଯାହାକୁ ଲୋକ ମାନେ ବହୁ ପୂର୍ବରୁ ଖାରଜ କରି ସାରିଛନ୍ତି । ଏଭଳି ଫିଲ୍ମ ବା ଡକ୍ୟୁମେଂଟାରୀ ତିଆରି କରିଥିବା ଏଜେନ୍ସୀ ଓ ବ୍ୟକ୍ତି ଏହି ନ୍ୟାରେଟିଭକୁ ପୁଣି ଥରେ ଚଳାଇବାକୁ ଚାହୁଁଛନ୍ତି ।"

ଏହି ଡକ୍ୟୁମେଂଟାରୀକୁ ନେଇ ଭାରତରେ ଗୋରାଙ୍କର ମାନସିକ ଗୋଲାମ ମାନେ ହିଁ ଖୁସିରେ ନାଚୁଛନ୍ତି ତା ନୁହେଁ ବ୍ରିଟେନ ସଂସଦରେ ପାକିସ୍ତାନ ବଂଶୋଦ୍ଭବ ସାଂସଦ ଇମରାନ ହୁସେନ ମଧ୍ୟ ନାଚିବା ଆରମ୍ଭ କରି ଦେଇଛନ୍ତି ହେଲେ ବ୍ରିଟେନର ପ୍ରଧାନମନ୍ତ୍ରୀ ଋଷି ସୁନକ ଏହି ପାକିସ୍ତାନୀ ବଂଶୋଦ୍ଭବ ସାଂସଦଙ୍କୁ ଚୁପ କରାଇ ଦେଇଥିଲେ । ସେ କହିଥିଲେ ଯେ ପ୍ରଧାନମନ୍ତ୍ରୀ ମୋଦୀଙ୍କ ସମ୍ପର୍କରେ ଚରିତ୍ରିକରଣ ସହ ସେ ସହମତ ନାହାନ୍ତି । ଏହା କେବଳ ହୁସେନଙ୍କୁ ଚାପୁଡା ନଥିଲା ଡକ୍ୟୁମେଂଟାରୀ ତିଆରି କରିଥିବା ଗୋରା ମାନଙ୍କୁ ମଧ୍ୟ ଚାପୁଡା ଥିଲା।

ତେବେ ଗୋଟିଏ କଥା ସ୍ପଷ୍ଟ ଯେ ଭାରତ ଯେତେ ଅଗ୍ରସର ହେବ ଗୋରା ମାନେ ସେତେ ଛଟପଟ ହେବେ । ସେମାନେ ଆଗାମୀ ଦିନରେ ଏଭଳି ଆହୁରି ଆକ୍ରମଣ କରିବେ । ଭାରତବାସୀଙ୍କୁ ଏଥି ପାଇଁ ପ୍ରସ୍ତୁତ ରହିବାକୁ ପଡିବ ।

# ପାଇକ ବିଦ୍ରୋହର କର୍ଣ୍ଣଧାର:ବକ୍ସି ଜଗବନ୍ଧୁ

ଐତିହାସିକ ପାଇକମାଟି ଖୋର୍ଦ୍ଧା ଅନେକ ଦୁଃଖ, ଯନ୍ତ୍ରଣା ଓ ଗୌରବକୁ ନେଇ ମୁଣ୍ଡଟେ କିଛି ଯଦିଓ ୧୮୫୭ ମସିହାକୁ ପ୍ରଥମ ସ୍ୱାଧୀନତା ସଂଗ୍ରାମ ବୋଲି ଐତିହାସିକମାନେ ମ ଦିଅନ୍ତି । ମାତ୍ର ଏହାର ଚାରି ଦଶନ୍ଧି ପୂର୍ବ ଅର୍ଥାତ ୧୮୧୭ ମସିହାରେ ବୀରମାଟି ଖୋର୍ଦ୍ଧାର ଇଂରେଜ ବିରୁଦ୍ଧରେ ଯେଉଁ ତୁର୍ଯ୍ୟନାଦ ଶୁଭିଲା ତାହା ଓଡ଼ିଶା ଇତିହାସରେ ପାଇକ ବିଦ୍ରୋହ ନାମରେ ଖ୍ୟାତି ଲାଭ କରିଛି । ଏହି ବିଦ୍ରୋହରେ ପାଇକମାନଙ୍କର କର୍ଣ୍ଣଧାର ସାଜି ବକ୍ସି ଜଗବନ୍ଧୁ ଓ ପିଣ୍ଡିକି ବାହୁବଳେନ୍ଦ୍ର ଯେପରି ଜୀବନ ଦେଇଥିଲେ ତାହା ବାସ୍ତବରେ ଏକ ଗୌରବୋଜ୍ଜ୍ୱଳ ଅଧ୍ୟାୟ ହୋଇ ରହିଛି । ଗଜପତି ମୁକୁନ୍ଦଦେବଙ୍କ ସୁପ୍ରିମ କମାଣ୍ଡର ବକ୍ସି ଜଗବନ୍ଧୁ ବିଦ୍ୟାଧର ଭ୍ରମରବର ରାୟ ମହାପାତ୍ର ଥିଲେ ରକ୍ତ ରଞ୍ଜିତ ଓଡ଼ିଶାର ଅଦ୍ୱିତୀୟ ଶହିଦ୍ । ଏହି ବିପ୍ଳବୀ ବ୍ରହ୍ମଗିରି ଅନ୍ତର୍ଗତ ରୋଡ଼ଙ୍ଗ ଗ୍ରାମରେ ୧୭୬୯ ମସିହାରେ ଜନ୍ମଗ୍ରହଣ କରିଥିଲେ ଏବଂ ଖୋରଧା ରାଜାଙ୍କ ବଂଶାନୁକ୍ରମିକ ସେନାପତି ଥିଲେ। ତାଙ୍କର "ବିଦ୍ୟାଧର" ପଦବୀରୁ ସେ ଭୋଇ ରାଜବଂଶୀୟ ହୋଇଥିବାର ଜଣାଯାଏ । ଘୁମୁସୁର ଓ ସେରଗଡ଼ ରାଜାଙ୍କ ସହିତ ତାଙ୍କର ବୈବାହିକ ସମ୍ପର୍କ ଥିଲା । ଜଗବନ୍ଧୁ ଅତ୍ୟନ୍ତ ବଳିଷ୍ଠ ସ୍ୱାସ୍ଥ୍ୟବାନ ଓ ସୁନ୍ଦର ଥିଲେ। ତାଙ୍କର ବିଶାଳ ବପୁ ଦୀର୍ଘକାର ଶରୀର ସମସ୍ତଙ୍କୁ ଆକର୍ଷିତ କରୁଥିଲା । କିମ୍ବଦନ୍ତୀ ଅନୁସାରେ ଖୋରଧାରେ ଏକ ମନ୍ଦିର ପାଖରେ ପଡ଼ିଥିବା ଏକ ବିରାଟ ପଥରକୁ ସେ ପ୍ରତ୍ୟେହ ତଳୁ ଉଠାଇ ଛାତି କରୁଥିଲେ ଏବଂ ସ୍ନାନକୁ ଯିବା ପୂର୍ବରୁ ନେଡ଼ିଏ ସୋରିଷ ତେଲ ନିଜର ସର୍ବାଙ୍ଗ ଶରୀରରେ ମାଲିସ୍ କରି ଉକ୍ତ ପଥରକୁ ଗୋଡ଼ରେ ଗଡ଼ାଇ ଗଡ଼ାଇ ଗାଧୁଆ ତୁଠ ପର୍ଯ୍ୟନ୍ତ ନେଉଥିଲେ ଏବଂ ସ୍ନାନ ସାରି ପୁଣି ଗଡ଼ାଇ ଗଡ଼ାଇ ଆଣୁଥିଲେ। ୧୮୦୩ ମସିହାରେ ଇଂରେଜମାନେ ଖୋରଧା ଅଧିକାର କରିବା ପରେ ଏହାକୁ ଖାସମାହାଲରେ ପରିଣତ କରିବା ସହ ଏହାର ପରିଚାଳନା ଭାର ମେଜର ଫ୍ଲେଚରଙ୍କ ହସ୍ତରେ ନ୍ୟସ୍ତ କରିଥିଲେ । ୧୮୦୪ରେ ପ୍ରଥମ ବନ୍ଦୋବସ୍ତ ଆରମ୍ଭ ହୋଇଥିଲା ଏବଂ ଖୋରଧାର ପ୍ରଥମ ତହସିଲଦାର ଭାବେ ଗୋଲାମ କାଦିରଙ୍କ ଦ୍ୱାରା ଏହି କାର୍ଯ୍ୟ ଶେଷ ହୋଇଥିଲା। ୧୮୦୫ ମସିହା ଠାରୁ ଆରମ୍ଭ କରି ୧୮୧୬ ମସିହା ଭିତରେ ଘନ ଘନ ବନ୍ଦୋବସ୍ତ ଫଳରେ ଜମାର ବୃଦ୍ଧି ପାଇବାରୁ ଖୋରଧାର ଅଧିବାସୀ ଅତିଷ୍ଠ ହୋଇପଡ଼ିଥିଲେ । ରାଜସ୍ୱ ଆଦାୟ ପ୍ରଣାଳୀ ମଧ୍ୟ ତୃଟିପୂର୍ଣ୍ଣ ଥିଲା । ଇଂରେଜମାନେ ପ୍ରତ୍ୟେକ୍ଷ ଭାବେ ଖଜଣା ଆଦାୟ ନକରି ମୁସ୍ତାଦାରୀ ପ୍ରଥାରେ ଖଜଣା ଆଦାୟ କରୁଥିଲେ । ଏଥିପାଇଁ ପ୍ରକାଶ୍ୟ ନିଲାମରେ ଜମିଦାରମାନେ ନିଯୁକ୍ତ ହୋଇ ପ୍ରଜାମାନଙ୍କ ଠାରୁ ଖଜଣା ଆଦାୟ କରି ସରକାରଙ୍କ ପାଖରେ ପଇଠ କରୁଥିଲେ । ଓଡ଼ିଶାର ପୁରାତନ ଜମିଦାରମାନେ ମଧ୍ୟ ଇଂରେଜ ଶାସନରେ ନ୍ୟାୟ ପାଉନଥିଲେ । ଏହି ସମୟରେ ବଙ୍ଗାଳୀମାନଙ୍କର ପ୍ରାଧାନ୍ୟ ଅନେକ ଥିଲା । ଏବଂ ସେମାନଙ୍କର କୋର୍ଟ କଚେରୀରେ ହେରଫେର ଯୋଗୁ ଓଡ଼ିଆ ଜମିଦାରମାନେ ନିଲାମ ଧରିବାରୁ ବଂଚିତ ହେଉଥିଲେ । ପ୍ରଥମ ବନ୍ଦୋବସ୍ତରେ ଓଡ଼ିଆ ଜମିଦାରଙ୍କ ସଂଖ୍ୟା ୨୩୪୦ ଥିବାବେଳେ ତାହା ୧୮୧୬ ମସିହା ଶେଷ ଆଡ଼କୁ ୧୪୪୯କୁ ଖସି ଆସିଥିଲା । ଖୋରଧାରେ ଇଂରେଜ ଶାସନ ଆରମ୍ଭରେ ସମସ୍ତ କର୍ମଚାରୀ ଅଣଓଡ଼ିଆ ଥିଲେ ଏବଂ ଖୋରଧାର ପ୍ରଥମ ଦାରୋଗା ଥିଲେ ମିର୍ଜା ମେହେଦି ଏବଂ ଏହାର ରାଜସ୍ୱ ଆଦାୟ ପ୍ରଥମେ ବଙ୍ଗଳାର ଶ୍ୟାମାନନ୍ଦ ରାୟଙ୍କ ହସ୍ତରେ ନ୍ୟସ୍ତ ଥିଲା । ୧୮୦୪ ରୁ ୧୮୧୦ ମସିହା ପର୍ଯ୍ୟନ୍ତ ପୁରୀର ତହସିଲଦାର ଥିଲେ ଗୌରହରି ଏବଂ ଚନ୍ଦ୍ରପ୍ରସାଦ ଥିଲେ ସିରସ୍ତାଦାର । ମୌଲବୀ ସାଲିମ୍ ଅଲ୍ଲି ସିରସ୍ତାଦାର ଥାଇ ଅବୈଧ ଉପାୟରେ ୧୭ ହଜାର ଟଙ୍କା ଆଦାୟ କରିଥିଲେ । ପିପିଲିର ଦାରୋଗା ମିର୍ଜା ମେହଦିଙ୍କ ନାମରେ ଅଭିଯୋଗ ଫଳରେ ତତ୍କାଳୀନ ଜିଲ୍ଲାପାଳ ସେଜ୍ ତାହାଙ୍କୁ ସ୍ଥାନାନ୍ତର କରି ଖୋରଧାକୁ ଆଣିଥିଲେ । କିନ୍ତୁ ତାଙ୍କର



ଉମାଶଙ୍କର ପ୍ରସାଦ

କୌଣସି ପରିବର୍ତ୍ତନ ହୋଇନଥିଲା । ଅବୈଧ ଉପାରେ ସେ ବହୁ ଅର୍ଥ ସଂଗ୍ରହ କରି ବହୁ ଜମିଦାରୀ ନିଲାମ କ୍ରୟ କରି ବିନା ପାରିଶ୍ରମିକରେ ଲୋକଙ୍କୁ ଖଟାଉଥିଲେ । ଏଭଳି ଜଘନ୍ୟ କାର୍ଯ୍ୟରେ ଅତିଷ୍ଠ ହୋଇଥିବା ବିଦ୍ରୋହୀମାନେ ତାଙ୍କ ଘରେ ନିଆଁ ଲଗାଇ ଦେବା ଫଳରେ ୫୦ ହଜାର ଟଙ୍କାର ସମ୍ପି ଧ୍ୱଂସ ହୋଇ ଯାଇଥିଲା । ପରେ ପରେ ବ୍ରିଟିଶ ସରକାର ମଧ୍ୟ ପାଇକମାନଙ୍କ ଠାରୁ ଖଜଣା ଆଦାୟ ବ୍ୟବସ୍ଥା ଆରମ୍ଭ କଲେ । ହିନ୍ଦୁ ରାଜାମାନଙ୍କ ସମୟରେ ଖୋରଧା କେତେ ଗୁଡ଼ିଏ ମହଲାରେ ବିଭକ୍ତ ହୋଇଥିଲା । ସେହି ମହଲାମାନଙ୍କର ମୁଖ୍ୟମାନଙ୍କୁ ଦଳାଇ ଦଳବେହେରା କୁହାଯାଉଥିଲା । ସେମାନେ ବେତନ ପରିବର୍ତ୍ତେ ନିଷ୍କର ଜମି ଭୋଗ ଦଖଲ କରୁଥିଲେ । ଜମି ଚାଷ ପାଇଁ ସେମାନଙ୍କୁ କର ଦେବାକୁ ପଡୁନଥିଲା । ଏହି ବ୍ୟବସ୍ଥାକୁ ଇଂରେଜମାନେ ପରିବର୍ତ୍ତନ କରିଥିଲେ । ଏବଂ ସେମାନଙ୍କ ସେନାବାହିନୀ ପାଇଁ ପାଇକମାନଙ୍କୁ ଅଯୋଗ୍ୟ ଘୋଷଣା କରି ସେମାନଙ୍କ ଉପରେ ମନଇଚ୍ଛା ଖଜଣା ଲାଗୁ କରିଥିଲେ । ଫଳରେ ଏହି ଦଳାଇ, ଦଳବେହେରା ଓ ପାଇକମାନେ ଖଜଣା ଦେବାକୁ ଅସମର୍ଥ ହେବା ସହ ନିଜର ଜାଗିର୍ ହରାଇଲେ । ୮୭୩ ଜଣ ଏହିପରି ଭାବରେ ନିଜର ଜାଗିର୍ ହରାଇଥିଲେ । ଏବଂ ସମସ୍ତ ପାଇକଗଣ ୧୮୧୭ ମସିହାରେ ପାଇକ ବିଦ୍ରୋହରେ ଯୋଗ ଦେଲେ । ଏକ ସମୟରେ କୃଷକମାନଙ୍କର ଦୁର୍ଦ୍ଦଶା, କଉଡ଼ି ମୂଲ୍ୟ ହ୍ରାସ, ଏକ ଚାଟିଆ ଲୁଣ ବ୍ୟବସାୟ ଓ ମୂଲ୍ୟ ବୃଦ୍ଧି ଯୋଗୁ ଜନସାଧାରଣ ଏବଂ ଖୋରଧାର ଦୁଃଖ ଦୁର୍ଦ୍ଦଶା ବିଷୟରେ ବକ୍ସି ନିଜେ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ । ମାତ୍ର ଫଳ କିଛି ହୋଇନଥିଲା । କରଭାର, ଅଭାବ, ଅତ୍ୟାଚାର, ଶୋଷଣ ଯେତେବେଳେ ଶେଷ ସୀମାରେ ପହଁଚିଲା, ସେତେବେଳେ ସମସ୍ତ ପାଇକ ଗଣ ବିଦ୍ରୋହ ଅଗ୍ନିରେ ଝାସ ଦେଲେ, ଯାହାର ନେତୃତ୍ୱ ନେଇଥିଲେ ବକ୍ସି ଜଗବନ୍ଧୁ । ଇଂରେଜମାନଙ୍କର ଏହି ସମୟରେ ରୋଡ଼ଙ୍ଗ ଉପରେ ଲୋଲୁପ ଦୃଷ୍ଟି ପଡ଼ିଥିଲା । ମାତ୍ର ୧୮୦୪ ଓ ୦୫ ରେ ହୋଇଥିବା ବନ୍ଦୋବସ୍ତ ସମୟରେ ଜଗବନ୍ଧୁ ଲିମ୍ବାଇ, ରାହାଙ୍ଗା, ସେରାଇ ଓ ଚବିଶିକୁଦୁ ପ୍ରଗଣାଗୁଡ଼ିକୁ ଜାଗିର ଜମି ବୋଲି ଦାବି କରୁଥିଲେ । ମାତ୍ର ମେଜର ଫ୍ଲେଚର ଏହି ଦାବିକୁ ପ୍ରତ୍ୟାଖାନ କରିଥିଲେ । ୧୮୦୫ ରେ ଓ୍ୱେବ ପୁରୀର ଜିଲ୍ଲାପାଳ ହେଲେ ଏବଂ ତାଙ୍କର ସିରସ୍ତାଦାର ଭାବେ ଚନ୍ଦ୍ର ପ୍ରସାଦ ସିଂହ ନିଯୁକ୍ତ ହେଲେ । ତାଙ୍କର ଭାଇ ଗୌରହରି ପୁରୀର ତହସିଲଦାର ପଦରେ ୧୮୧୦ ମସିହା ପର୍ଯ୍ୟନ୍ତ ରହିଥିଲେ । ଜଗବନ୍ଧୁ ଭୋଗ କରି ଆସୁଥିବା ରୋଡ଼ଙ୍ଗ ଜମିଦାରୀ ଉପରେ ତାଙ୍କ ବିଦ୍ରୋହୀମାନଙ୍କର ଦୃଷ୍ଟି ପଡ଼ିଥିଲା । ତହସିଲଦାର ଗୌରହରି ସିଂହ ଓ ସିରସ୍ତାଦାର ଚନ୍ଦ୍ର ପ୍ରସାଦ ସିଂହ ଉଭୟେ ଜଗବନ୍ଧୁଙ୍କ ଶତ୍ରୁ କୃଷ୍ଣ ଚନ୍ଦ୍ରଙ୍କର ଆମୀୟ ଥିଲେ । ଷଡ଼ଯନ୍ତ୍ର କରି ରୋଡ଼ଙ୍ଗ ଜମିଦାରୀ ଖଜଣାକୁ ଜିଲ୍ଲାପାଳଙ୍କ ରାଜକୋଷରେ ଦାଖଲ ନକରି ତହସିଲଦାରଙ୍କ କାର୍ଯ୍ୟାଳୟରେ ଦାଖଲ କରିବାକୁ ପରାମର୍ଶ ଦେଇ ରାହାଙ୍ଗା ପ୍ରଗଣା ଓଗେରକୁ ନିଜ କବଳକୁ ନେଇଥିଲେ । ଏକଥା ଜଗବନ୍ଧୁ ଜାଣିପାରି ନଥିଲେ । ଯେତେବେଳେ ଜାଣିଲେ ତାହା ବିରୁଦ୍ଧରେ ସ୍ୱର ଉତ୍ତୋଳନ କରିବା ଫଳରେ ଏକ ମକଦ୍ଦମାରେ ଜଗବନ୍ଧୁଙ୍କ ଦାଦା ପୁଅ ଭାଇ ଗଦାଧର ଓ ଜଗବନ୍ଧୁଙ୍କ ଭିତରେ ରୋଡ଼ଙ୍ଗ ଜମିଦାରୀକୁ ଜଗବନ୍ଧୁଙ୍କୁ ୧୦ ଅଣା ଓ ଗଦାଧରଙ୍କୁ ୬ ଅଣା ପାଇବାର ସ୍ଥିର ହେଲା । ୧୮୧୩ ରେଗୁଲେସନ୍ ଅନୁଯାୟୀ କୃଷ୍ଣଚନ୍ଦ୍ର ରାହାଙ୍ଗା ଓଗେର ଜମିଦାରି ସତ୍ୱର ନବୀକରଣ କଲେ ଏବଂ ପରେ ଯେତେବେଳେ ରୋଡ଼ଙ୍ଗ ଦଖଲ କରିବାକୁ ବସିଲେ, ବକ୍ସି ଜଗବନ୍ଧୁ ରିଚାର୍ଡ଼ଙ୍କ ପାଖରେ ଆପି କରିଥିଲେ ଏବଂ ରିଚର୍ଡ଼ ଏହି ଦାବୀକୁ ସମର୍ଥନ କରିବା ସହ ରୋଡ଼ଙ୍ଗ ଏକ ପୃଥକ ଜମିଦାରୀ ଓ ଏହା ରାହାଙ୍ଗ ଅନ୍ତର୍ଭୁକ୍ତ ହେବା ଅନ୍ୟାୟ ଓ ଅବୈଧ ବୋଲି ମତ ଦେଲେ । ଏବଂ ରୋଡ଼ଙ୍ଗ ଜମିଦାରୀକୁ ଜଗବନ୍ଧୁଙ୍କୁ ଫେରାଇ ଦେବା ପାଇଁ ପ୍ରସ୍ତାବ ଦେଲେ । କିନ୍ତୁ କୁଚକ୍ରି ବଙ୍ଗାଳୀ ଗୋଷ୍ଠି ଏହା କରାଇଦେଲେ ନାହିଁ । ଏବଂ ରେଭିନ୍ୟୁ ବୋର୍ଡ଼ରେ ତାଙ୍କର ସତ୍ୱ ଅଦାଲତରେ ସାବ୍ୟସ୍ତ କରିବା ପାଇଁ ନିର୍ଦ୍ଦେଶ ଦେଲେ । କୋର୍ଟ କଚେରୀକୁ ଧାଇଁ ଧାଇଁ ମକଦ୍ଦମା ଖର୍ଚ୍ଚ ଲାଗି ବକ୍ସିଙ୍କ ପାଖରେ ପଇସା ନଥିଲା । ଏହି ମାନସିକ ଯନ୍ତ୍ରଣା ସହିତ ନିଜ ଜମିଦାରୀ, ନିଜ ମାତୃଭୂମି ଓ ଓଡ଼ିଶାର ସ୍ୱାଭିମାନ ଯେତେବେଳେ ଧୂଳିସାତ ହୋଇଗଲା, ତାଙ୍କ ମନରେ ବିଦ୍ରୋହର ବହ୍ନି ଜଳି ଉଠିଲା । ସୁପ୍ତ ବ୍ୟାଘ୍ର ଜାଗ୍ରତ ହେଲା । ରଥିପୁର ଗାଁ ଭିତରେ ମୌଡ଼ମରା ଘର, କୁଦିଆରୀର ଜମିଦାର ଚରଣ ପଟ୍ଟନାୟକ ବକ୍ସିଙ୍କର ବିଦ୍ରୋହି ଥିଲେ ଏବଂ ସେ ତାଙ୍କର ପିଣ୍ଡା ଉପରେ ବସି ବକ୍ସିଙ୍କୁ କିପରି ନାଗଫାଶରେ ପକାଇବେ ସେ ବ୍ୟୁହ ରଚନା କରୁଥିଲେ । ହଠାତ୍ ଏହି ସମୟରେ ବିପ୍ଳବୀ ଶଛି ପଟ୍ଟନାୟକଙ୍କର ଧାରୁଆ ଫାର୍ସା ଚୋଟରେ ଦେଶଦ୍ରୋହୀ ଚରଣ ପଟ୍ଟନାୟକଙ୍କ ଅନ୍ତ ହୋଇଗଲା । ୧୮୧୭ ଅପ୍ରେଲ ୯ ତାରିଖରେ ବକ୍ସିଙ୍କ ପରିଚାଳିତ ବିଦ୍ରୋହୀ ପାଇକ କୂଳ ଶ୍ରୀକ୍ଷେତ୍ରରେ ପଶି ଇଂରେଜ ଅଫିସରଙ୍କ ଉପରେ ଆକ୍ରମଣ କରିଦେଇ ପୁରୀକୁ ସ୍ୱାଧୀନ କରିଥିଲେ । ଏହା ପୂର୍ବରୁ ୧୮୧୭ ମାର୍ଚ୍ଚ ଶେଷ ସପ୍ତାହ ଆଡ଼କୁ ଚାରି ଶହ କନ୍ଧ ବାଣପୁର ଅଂଚଳକୁ ଆସି ଲୁଟ୍‌ତରାଜ କଲେ । ଏହି ସୁଯୋଗରେ ଖୋରଧାର ସଂଗଠିତ ପାଇକମାନେ ଅବିଳମ୍ବେ ବାଣପୁର ଅଂଚଳକୁ ଯାଇ କନ୍ଧମାନଙ୍କ ସହ ଯୋଗଦେଲେ ଏବଂ ସରକାରୀ ତହବିଲରୁ ୧୫ ହଜାର ଟଙ୍କା ଲୁଟି ନେଇଥିଲେ । ଏମାନଙ୍କ ଭୟରେ ଇଂରେଜମାନେ ଅଫିସ ଛାଡ଼ି ପଳାଇଥିଲେ । ଏହି ବିଦ୍ରୋହ ଫଂଚଗଡ଼କୁ ବ୍ୟାପିଥିଲା । ସେ ସମୟରେ ସମ୍ବଲପୁର ରାଣୀ ମୁକ୍ତାଦେଇ ଫଂଚଗଡ଼ରେ ରହୁଥିଲେ । ଏବଂ ପ୍ରଜାମାନେ ସେଠାରେ ବହୁତ ନିଷ୍ପେଷିତ ହେଉଥିଲେ । ଜଗବନ୍ଧୁ ବିଦ୍ରୋହୀମାନଙ୍କ ସହ ମୁକ୍ତାଦେଇ ଓ ଦେଓ୍ୱାନଙ୍କ ଗୃହରେ ଅଗ୍ନିସଂଯୋଗ କରିଦେଲେ । ଏହି ଖବର କଟକରେ ଅବିଳମ୍ବେ ପହଂଚିଲା ପରେ ଲେଫ୍ଟନାଂଟ୍ ଫ୍ରାଇଡ୍‌ଙ୍କ ନେତୃତ୍ୱରେ ବହୁ ସଂଖ୍ୟକ ସାମରିକ ସୈନ୍ୟ ଖୋରଧା ଅଭିମୁଖେ ଏବଂ ଆଉ ଦଳେ ସୈନ୍ୟ ପେରିସ୍‌ଙ୍କ ନେତୃତ୍ୱରେ ପିପିଲି ଓ ଲିମ୍ବାଇ ଯାଇଥିଲେ । ବିଦ୍ରୋହିମାନେ ଏଖବର ପାଇ କାଠପଥର ଓ ଢ଼ିମା ପକାଇ ରାସ୍ତା ବନ୍ଦ କରିଦେଇଥିଲେ । ଏବଂ ଇମ୍ପେଙ୍କ ସୈନ୍ୟ ସେଠାରେ ପହଂଚିବା ମାତ୍ରେ ବିଦ୍ରୋହୀମାନେ ଗୁଳି ଚଳାଇଲେ । ଫଳରେ ଇମ୍ପେଙ୍କୁ ସେଠାରେ ରହିବାକୁ ପଡ଼ିଥିଲା । ମାତ୍ର ଖାଦ୍ୟ ଅନାଟନ ଯୋଗୁ ସମସ୍ତ ଇଂରେଜମାନେ କଟକ ପ୍ରତ୍ୟାବର୍ତ୍ତନ କରିଥିଲେ । ଏହିପରି ଓଡ଼ିଶାର ପ୍ରତ୍ୟେକ କ୍ଷେତ୍ର ତଥା ପୁରୀ, ଗୋପ, ପଟାମୁଣ୍ଡାଇ, କୁଜଙ୍ଗ, ବାଲେଶ୍ୱର ଅଂଚଳରେ ବିଦ୍ରେହର ବହ୍ନି ଜଳିଥିଲା । ପିଣ୍ଡିକୀ ବାହୁବଳେନ୍ଦ୍ର ବକ୍ସିଙ୍କର ପ୍ରଧାନ ସହଯୋଗି ଥିଲେ । ତାଙ୍କର ବାଲ୍ୟବନ୍ଧୁ ଥିଲେ ମଳିପଡ଼ାର ଜମିଦାର ଧ୍ରୁବଜୟ ହରିଚନ୍ଦନ । ବ୍ରିଟିଶ ସରକାର ତାଙ୍କ ଉପରେ ଚାପ ପକାଇଥିଲେ ପିଣ୍ଡିକୀଙ୍କୁ ଧରାଇଦେବା ପାଇଁ । ପ୍ରଥମେ ଯଦିଓ ସେ ରାଜି ହୋଇନଥିଲେ, ମାତ୍ର ପରିସ୍ଥିତିର ତାଡ଼ନାରେ ସେ ନିଜର ବନ୍ଧୁଙ୍କୁ ନିମନ୍ତ୍ରଣ କରିଥିଲେ । ଏକଥା ଥୋମାସ୍ ଆଗରୁ ଜାଣି ଦଳବଳ ସହ ପ୍ରସ୍ତୁତ ଥିଲେ । ଫଳରେ ପିଣ୍ଡିକୀ ଧରାପଡ଼ି ବନ୍ଦି ହେଲେ । ବନ୍ଦୀଗୃହରେ ତାଙ୍କ ଗୋଡ଼ରେ ସିକୁଳୀ ଲାଗିଥିଲେ ମଧ୍ୟ ହାତ ଦୁଇଟି ଖୋଲା ଥିଲା । ଦିନେ ସେ ତରବାରୀ ସାହାଯ୍ୟରେ ବେଡ଼ି ଖୋଲି ମାଠିଆ ସାହାଯ୍ୟରେ କାଠ ଯୋଡ଼ି ପାର ହୋଇ ବାରଙ୍ଗ ପଳାଇଥିଲେ । ମାତ୍ର ପଛରୁ ଇଂରେଜମାନଙ୍କର ଘନ ଘନ ଗୁଳି ବର୍ଷଣ ସତ୍ତ୍ୱେ ଚାରୋଟି ଗୋଳାକୁ ହାତରେ ଧରି ପକାଇଥିଲେ ମଧ୍ୟ ପରିଶେଷରେ ତାଙ୍କ ଜୀବନ ପ୍ରଦୀପ ନିର୍ବାପିତ ହୋଇପଡ଼ିଥିଲା । ମାତ୍ର ଇଂରାଜୀମାନଙ୍କ ସତ ଚେଷ୍ଟା ସତ୍ତ୍ୱେ ବକ୍ସି ଓ ତାଙ୍କ ସହଯୋଗୀ କୃଷ୍ଣ ଚନ୍ଦ୍ର ଧରାପଡ଼ି ନଥିଲେ । ୧୮୨୪ ମସିହାର ଶେଷ ଭାଗରେ ଜଏଂଟ୍ ମାଜିଷ୍ଟ୍ରେଟ୍ ଉଇଲ୍‌କିନ୍‌ସନ ନିଜେ ନୟାଗଡ଼ ଯାଇ ରାଜାଙ୍କୁ ଭେଟି ଧମକ ଦେଇଥିଲେ । ଜଗବନ୍ଧୁ ଯଦି ଆତ୍ମସମର୍ପଣ ନକରନ୍ତି ତେବେ ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ । ନୟାଗଡ଼ ରାଜା ଥିଲେ ବକ୍ସିଙ୍କର ଅତ୍ୟନ୍ତ ହିତାକାଂକ୍ଷୀ । ନିଜର ହିତାକାଂକ୍ଷୀ ରାଜାଙ୍କ କୌଣସି କ୍ଷତି ନଘଟୁ ଏହାକୁ ଦୃଷ୍ଟିରେ ରଖି ଜଗବନ୍ଧୁ ଶେଷରେ ଆତ୍ମସମର୍ପଣ କଲେ । ଜଗବନ୍ଧୁଙ୍କ ସସମ୍ମାନାର୍ଥେ ହସ୍ତୀ ପୃଷ୍ଠରେ ବସାଇ ତାଙ୍କୁ କଟକ ଅଣାଯାଇ ନଜର ବନ୍ଦୀରେ ରଖାଗଲା । ନଜର ବନ୍ଦୀରେ ୩ବର୍ଷ ୮ମାସ ରହିବା ପରେ ୧୮୨୯ ମସିହା ୨୪ ତାରିଖରେ ସେ ଶେଷ ନିଶ୍ୱାସ ତ୍ୟାଗ କରିଥିଲେ । ଲୁହାର ମଣିଷ ଥିଲେ ବକ୍ସି । ଏହି ମହାନ୍ ଆତ୍ମାର ଅବସାନରେ ଉତ୍କଳ ଜନନୀର ଆଖିରୁ ଦୁଇ ଟୋପା ଲୁହ ଝରି ପଡ଼ିଥିଲା । ଏହି ମା'ମାଟି ପାଇଁ ବିଦେଶୀ ଶାସକମାନଙ୍କୁ ହଟାଇ ଦେବାକୁ ଦୁର୍ଗମ ବଣଜଙ୍ଗଲ ମଧ୍ୟରେ ସେ ଯେଉଁ କଷ୍ଟ ସାଧ ସଂଗ୍ରାମ କରିଥିଲେ ବାସ୍ତବିକ ତାହା ଏକ ମହାନ୍ କ୍ରାନ୍ତିକାରୀ ସହ ଓଡ଼ିଶା ଇତିହାସରେ ଅବିସ୍ମରଣୀୟ ହୋଇ ରହିବ ।

*ସମ୍ପାଦକ, ମାର୍ଗଦର୍ଶୀ, ଖୋରଧା*




# ଦେଶରେ ମହିଳା ସଶକ୍ତିକରଣ ପାଇଁ ପ୍ରଧାନମନ୍ତ୍ରୀ ଯୁଗାନ୍ତକାରୀ ପଦକ୍ଷେପ ନେଇଛନ୍ତି: ସମୀର ମହାନ୍ତି

ଭୁବନେଶ୍ୱର,(ପି.ଏନ): ମହାନ କ୍ରାନ୍ତିକାରୀ, ସମାଜ ସୁଧାରକ ଜ୍ୟୋତିବା ଫୁଲେଙ୍କ ଜନ୍ମଜୟନ୍ତୀ ଅବସରରେ ସିନର୍ଜି ଇଷ୍ଟିଚ୍ୟୁଟ ଅଫ ଟେକନୋଲୋଜିଠାରେ ଅନୁସୂଚିତ ଜାତି ଓ ଜନଜାତି ବର୍ଗର ଛାତ୍ରଛାତ୍ରୀଙ୍କୁ ରାଜ୍ୟ ବିଜେପି ସଭାପତି ସମୀର ମହାନ୍ତି ଭେଟି ଜ୍ୟୋତିବା ଫୁଲେଙ୍କ ଦେଶପ୍ରତି ଅବଦାନ ବିଷୟରେ ଅବଗତ କରାଇଥିଲେ। ଯେତେବେଳେ ଦେଶରେ ନାରୀ ଶିକ୍ଷା ପ୍ରତି ଆଦୌ ଧ୍ୟାନ ଦିଆଯାଉନଥିଲା ସେତେବେଳେ ଜ୍ୟୋତିବା ଫୁଲେ ମହିଳାମାନଙ୍କ ଶିକ୍ଷାକୁ ପ୍ରାଧାନ୍ୟ ଦେଇ ପ୍ରତିକୂଳ ପରିସ୍ଥିତିରେ କାର୍ଯ୍ୟ କରୁଥିଲେ। ଜ୍ୟୋତିବା ଫୁଲେ ତାଙ୍କ ପତ୍ନୀ ସାବିତ୍ରୀବାଇ ଫୁଲେଙ୍କ ସହିତ ମିଶି ପୁନେଠାରେ ମହିଳାମାନଙ୍କ ଶିକ୍ଷା କ୍ଷେତ୍ରରେ ଅଗ୍ରଗତି ନିମନ୍ତେ ବାଳିକା ବିଦ୍ୟାଳୟ ସ୍ଥାପନ କରି ନାରୀ ଶିକ୍ଷା ଶିକ୍ଷାଦ୍ୱାରା ସମାଜର ଅଗ୍ରଗତି ସମ୍ଭବ ବୋଲି ବାର୍ତ୍ତା ଦେଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଜ୍ୟୋତିବା ଫୁଲେଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ମହିଳାଙ୍କ ପ୍ରତି ବିଭିନ୍ନ ଯୋଜନା ମଧ କରିଛନ୍ତି। ମହିଳାମାନଙ୍କ ପାଇଁ ଶୌଚାଳୟ, ଉଜ୍ଜ୍ୱଳା, ବେଟି ବଚାଓ ବେଟି ପଢ଼ାଓ, ସୁକନ୍ୟା ସମୃଦ୍ଧି ଯୋଜନା, ପୋଷଣ ଅଭିଯାନ ଭଳି ଯୁଗାନ୍ତକାରୀ ପଦକ୍ଷେପମାନ ନେଇ ମହିଳାଙ୍କୁ ସମ୍ମାନ, ସ୍ୱାଭିମାନ ଓ ସଶକ୍ତ କରିବାକୁ ତାଙ୍କ ସରକାରରେ ଅନେକ ଯୋଜନା କରିଥିବାରୁ ରାଜ୍ୟ ସଭାପତି ଶ୍ରୀ ମହାନ୍ତି ଧନ୍ୟବାଦ ଜ୍ଞାପନ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ପ୍ରତିଷ୍ଠାତା ବିନୋଦ ଦାଶ, ଇଷ୍ଟିଚ୍ୟୁ ନିର୍ଦ୍ଦେଶକ ଚନ୍ଦ୍ରସେନ ଜଗତଦେଓ, ରାଜ୍ୟ ପ୍ରବକ୍ତା ଠାକୁର ରଞ୍ଜିତ ଦାସ, ଯୁବମୋର୍ଚ୍ଚା ରାଷ୍ଟ୍ରୀୟ ଉପାଧକ୍ଷ ଅର୍ପିତା ବଡ଼ଜେନା ପ୍ରମୁଖ ଉପସ୍ଥିତ ଥିଲେ।

# ୫ଟି ଅଧକ୍ଷ ଠକ Pandian ଙ୍କୁ ସାକ୍ଷାତ କଲା କନ୍ଧମାଳ ପିପୁଲସ୍ ଫୋରମ୍

କନ୍ଧମାଳ:( ସୂର୍ଯ୍ୟ ନାରାୟଣ ବେହେରା),(ପି.ଏନ): କନ୍ଧମାଳ ଜିଲ୍ଲାର ଅଗ୍ରଣୀ ସଂଗଠନ କନ୍ଧମାଳ ପିପୁଲସ୍ ଫୋରମ୍ କଚର ପକ୍ଷରୁ ଠକ Pandian 5T ଓ ନବୀନ ଓଡ଼ିଶା ର ଅଧକ୍ଷ ଙ୍କୁ ସାକ୍ଷାତ କରି କନ୍ଧମାଳ ଜିଲ୍ଲାରେ ଚ଼ାଲିଥିବା ସରକାରୀ ମେଡ଼ିକାଲ୍ କଲେଜ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଓ ୫ଶ୍ୱ ଅଧକ୍ଷ ଙ୍କୁ ଧନ୍ୟବାଦ୍ ଜଣାଇଛନ୍ତି, ତା ସହିତ କନ୍ଧମାଳ ଜିଲ୍ଲାର ମନ୍ଦିର,ମଠ, ଚ଼ର୍ଚ୍ଚ ଓ ମସଜିଦ୍ ପାଇଁ ଆର୍ଥିକ ସହାୟତା ଯୋଗାଇ ଦେଇଥିବାରୁ ଧନ୍ୟବାଦ୍ ଦେଇଛନ୍ତି। ତତ୍ ସହିତ କନ୍ଧମାଳ ଜିଲ୍ଲାର ଫୁଲବାଣୀ ମେଡ଼ିକାଲ୍ ରେ ଡାକ୍ତର ସମସ୍ୟା ସମାଧାନ, ସରକାରି ଜାଗା ( encrochment land)ରେ ଘର କରିଥିବା ଲୋକଙ୍କୁ ସ୍ଥାୟୀ ଘରବାରୀ ପଟ୍ଟା ଯୋଗାଇବାକୁ



ଦାବି କରିଛନ୍ତି। ସମ୍ବଲପୁର ଗୋପାଳପୁର ଭାୟା ଫୁଲବାଣୀ ରେଳ ଲାଇନ୍ ଫୁଲବାଣୀ ସଦର ମହକୁମାକୁ ସଂଲଗ୍ନ କରିବା ସହିତ କନ୍ଧମାଳ ଜିଲ୍ଲାକୁ ଇକୋ ଟୁରିଜୀୟମ ହବ୍ ( eco Tourism hub) ପାଇଁ ଦାବି କରିଛନ୍ତି, ଏଭଳି ପାଞ୍ଚ ଦଫା ଦାବି ପୂରଣ ପାଇଁ ଦାବିପତ୍ର ପ୍ରଦାନ କରିଛନ୍ତି ବୋଲି କଚର ପ୍ରତିଷ୍ଠାତା ତଥା ସଭାପତି ଶ୍ରୀଯୁକ୍ତ ରାଧାମୋହନ ମହାପାତ୍ର ସୁଚ଼ନା ଦେଇଛନ୍ତି।

# ଅହମଦିୟା ମୁସଲିମ ଜମାତ୍ ତରଫରୁ କମଳ ବ ନ

ଭୁବନେଶ୍ୱର,(ପି.ଏନ): ଅହମଦିଆ ମୁସଲିମ ଜମାତ ସଂଗଠନ ପକ୍ଷରୁ ଭୁବନେଶ୍ୱରର ରାସ୍ତାକଡ, ଷ୍ଟେସନ, ବସଷ୍ଟାଣ୍ଡ ଆଦି ଅଂଚଳରେ ଆଶ୍ରୟ ନେଉଥିବା ଅସହାୟ ଲୋକମାନଙ୍କୁ ଶୀତବସ୍ତ୍ର ତଥା କମଳ ବ ନ କରାଯାଇଛି। ସେହିପରି ତମାଣ୍ଡ ଅନ୍ଧ ପରିବାରଙ୍କୁ ମଧ୍ୟ ଏହି ଅନୁଷ୍ଠାନ ପକ୍ଷରୁ ଶୀତ ବସ୍ତ୍ର ବ ନ କରାଯିବା ସହ ଖାଦ୍ୟ ପୁଡିଆ ଓ ପାନୀୟଜଳ ଦିଆଯାଇଥିଲା। ଏହି ମହତ କାର୍ଯ୍ୟରେ ଅନୁଷ୍ଠାନର ସଦସ୍ୟ ମହମ୍ମଦ ଅମିନ, ପରଭେଜ୍ ସିରାଜ, ତାହେର ଅହମ୍ମଦ,ଫିରୋଜ, ଅହମ୍ମଦ ସଲାମ, ଏମ୍ ରେହମାନ, ମୌଲାନ ଅବଦୁଲ ପ୍ରମୁଖ ସାମିଲ ଥିଲେ। ସଂସ୍ଥାର ଏହା କାର୍ଯ୍ୟକୁ ବୁଦ୍ଧିଜିବୀ ମହଲରେ ପ୍ରଶଂସା କରାଯାଇଛି।



# ଲିଜଧାରୀ ନିୟମ ବୈହିର୍ଭୁତ ଭାବେ ବାଲି ଖଦାନ ଚଳାଉଥିବା

ବାଲେଶ୍ୱର,(ପି.ଏନ): ସଦର ବ୍ଲକ ଅନ୍ତର୍ଗତ ନଗ୍ରମ ଗ୍ରାମ ପଞ୍ଚାୟତ ଓ ରେମୁଣା ବ୍ଲକ ଦହପଡ଼ା ଗ୍ରାମ ପଞ୍ଚାୟତର ଫୁଲଓ୍ୱାର କଷବା, କାଳିପୁର, ଖେଜୁରପୁର, ଦହପଡ଼ା, କଣ୍ଟାବଣିଆ, ଗମ୍ଭାରିଆ ଓ ଧରମପୁର ଗ୍ରାମର ଗ୍ରାମବାସୀ ମାନେ ଲିଜ ନେଇଥିବା ଅରୁଣାକର ଦାସଙ୍କ ବିରୁଧରେ ଜିଲ୍ଲାପାଳଙ୍କୁ ଏକ ଦାବି ପ୍ରଦାନ କରିଛନ୍ତି। ବାଲି ଉଠାଇବା ନିମନ୍ତେ କୌଣସି ଯାନ୍ତ୍ରିକ ବ୍ୟବସ୍ଥା ନିୟମ ନ ଥିବା ବେଳେ ପ୍ରତିଦିନ ପୋକ୍ଲେନ ମେସିନ ମାଧ୍ୟମରେ ନଦୀ ଗର୍ଭରୁ ବେଆଇନ ଭାବରେ ସହ ସହ ସିୟୁଏମ ବାଲି ଉତ୍ତୋଳନ କରୁଛନ୍ତି। ଏହି ବାଲି ସୌରାତ୍ ଚଳାଇବା ପାଇଁ ସମୁଦାୟ ୩୭ ହଜାର ୪୦୦ ସିୟୁଏମ ବାଲି ଉତ୍ତୋଳନ ପାଇଁ ଅନୁମତି ଅଛି। ୦.୩ ମିଟର ହିସାବରେ ବର୍ଷକୁ ଯେତିକି ବାଲି ଉତ୍ତୋଳନ କରିବା କଥା ପ୍ରତିଦିନ ଏହି ମେସିନ ସାହାଯ୍ୟରେ ବେଆଇନ ଭାବେ ବହୁତ ଅଧିକ ବାଲି ଉତ୍ତୋଳନ କରାଯାଉଛି। ଏହା ଦ୍ୱାରା ସରକାର ଉକ୍ତ ସୈରାତ୍‌କୁ ବାର୍ଷିକ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହରାଉଥିବାର ଜଣାପଡୁଛି। ଅଧିକ ବାଲି ଉତ୍ତୋଳନ ଓ ପରିବହନ ଜଣା ପଡିଯିବା ଭୟରେ ତହସିଲ କାଯ୍ୟାଳୟରୁ ମିଳିଥିବା କେଫର୍ମ ଜାଣିଶୁଣି ଗାଡ଼ିକୁ ଦିଆଯାଉ ନାହିଁ। ଉକ୍ତ ବାଲି ସୈରାତ କୌଣସି ଗୋଟିଏ ମଧ୍ୟ ନିୟମର ସର୍ତ୍ତ ଅନୁସରଣ କରୁ ନାହିଁ ଏବଂ ଏହା ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପାସ ହୋଇଛି କି ନାହିଁ ତାହା ମଧ ସନ୍ଦେହ ସୃଷ୍ଟି ହେଉଛି। ନଦୀ ପଠାରୁ ୪୦ ମିଟର ଛାଡ଼ି ଓ ମାତ୍ର ୦.୩ ମିଟର ଗଭୀର ପର୍ଯ୍ୟନ୍ତ ବାଲି ଉଠାଇବାର ନିୟମ ଥିବା ବେଳେ ଉକ୍ତ ଲିଜ୍‌ଧାରୀ ଏହାର ସମ୍ପୂର୍ଣ୍ଣ ଓଲଟା ଅର୍ଥାତ ନଦୀ ପଠାକୁ ଖୋଳି ଡମ୍ଫର ସାହାଯ୍ୟର ସହ ସହ ଟ୍ରିପ ମାଟି ବିକ୍ରି କରୁଛନ୍ତି। ଫଳରେ ନଦୀ ଗର୍ଭରେ ୫୦ ରୁ ୬୦ ଫୁଟ ପର୍ଯ୍ୟନ୍ତ ଗଣ୍ଡ ସୃଷ୍ଟି ହୋଇ କିଛି ଲୋକ ନଦୀରେ ଗାଧଇବା ସମୟରେ ପାଣିରେ ବୁଡ଼ିଯାଇ ମୃତ୍ୟୁ ବରଣ କରୁଥିବା ଉଦ୍ଧାରଣ ମଧ ରହିଛି। ନଦୀ ଜଳଠାରୁ ମାଟି ଖୋଳି ବିକ୍ରି କରିବା ଫଳରେ ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ନଦୀର ଗତିପଥ ପରିବର୍ତ୍ତନ ହୋଇ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବାର ଆଶଙ୍କା ମଧ ସୃଷ୍ଟି ହୋଇଛି। ବର୍ତ୍ତମାନ ଗ୍ରୀଷ୍ମ ସମୟରେ ଗୋରୁ ଗାଇ, ଛେଳି ଇତ୍ୟାଦି ପ୍ରାଣି ମାନେ ପାଣି ପିଇବା ପାଇଁ ନଦୀକୁ ଯିବା ବେଳେ ନଦୀ ପାଣି ଗୋଳିଆ ହୋଇଯାଇଥିବାରୁ ପାଣି ମଧ ପିଇ ପାରୁ ନାହାନ୍ତି।ରାଜ୍ୟ ପରିବେଶ ଓ ପ୍ରଭାବ ମୁଲ୍ୟାୟନ କର୍ତ୍ତୃପକ୍ଷଙ୍କ ଜଣେ ବରିଷ୍ଠ ବୈଜ୍ଞାନିକ, ରାଜ୍ୟ ପ୍ରଦୁଷଣ ବୋର୍ଡ଼ର ବରିଷ୍ଠ ବୈଜ୍ଞାନିକ, ଜିଲ୍ଲାପାଳ କିମ୍ବା ତାଙ୍କ କେହି ପ୍ରତିନିଧି ଓ ଜିଲ୍ଲା ଖଣି ଅଧିକାରୀଙ୍କୁ ନେଇ ଏକ କମିଟି ଗଠନ କରାଯାଇ ସସବା ଦହପଡ଼ା ବାଲି ସୈରାତକୁ ନିରପେକ୍ଷ ତଦନ୍ତ କରି ଯଦି ଆଇନ ବୈହିର୍ଭୁତ କାର୍ଯ୍ୟ କରାଯାଇ ଥାଏ ତାହାହେଲେ ଲିଜ୍‌ଧାରୀ କରୁଣାକର ଦାସଙ୍କ ଉପରେ ଦିତ କାର୍ଯ୍ୟାନୁଷ୍ଠାନ ନେବାକୁ ଏହି ୨ ଟି ଗ୍ରାମ ପଞ୍ଚାୟତର ଅଧିବାସୀ ମାନେ ଦାବି କରିଛନ୍ତି।

# ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ

ବାଲେଶ୍ୱର: ଆଜି ପୂର୍ବାହ୍ନରେ ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଏକ ସୋଭାଯାତ୍ରା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ପଥବିକ୍ରେତା ଜୀବିକା ସୁରକ୍ଷା ଓ ପଥ ବିକ୍ରେତା ବିନିମୟ ଆଇନ ଉଲଙ୍ଘନ ଏବଂ ପଥବିକ୍ରେତାଙ୍କ ଜୀବିକା ଓ ଜୀବନ ଉଚ୍ଛେଦ ଅଭିଯୋଗ ବନ୍ଦ କରିବାକୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ପଥବିକ୍ରେତା ଙ୍କ ଜୀବିକା ସୁରକ୍ଷା ପାଇଁ ୨୦୧୪ କେନ୍ଦ୍ରୀୟ ଆଇନକୁ ବାଲେଶ୍ୱର ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଲଙ୍ଘନ କରି ଏହି ବର୍ଗର ମଣିଷଙ୍କ ଜୀବନ ଧାରଣ ଦୁର୍ବିସ କରାଇଲେଣି। ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଚ୍ଛେଦ କରି ପଥ ବିକ୍ରେତା ବୃଦ୍ଧି ଥିବା ସହ ସହ ପଥ ବିକ୍ରେତାଙ୍କ ଆଇନ ଗତ ସାମ୍ବିଧାନିକ ଅଧିକାରକୁ ଛଡ଼ାଇ ନେଇ ବାରମ୍ବାର ଅନ୍ୟାୟ କରିଚାଲିଛନ୍ତି। ଏହି ପରି ରାୟ ଶାସନ ବନ୍ଦ କରି ଉଠା ଦାକାନିଙ୍କୁ ସାମ୍ବିଧାନିକ ସାମାଜିକ ନ୍ୟାୟ ପ୍ରଦାନ କରିବା ନିମନ୍ତେ ଦାବି କରିଛନ୍ତି। ଓଟି ରୋଡ଼ରେ ୨ ଟିକିଆ ରାସ୍ତାର ପିଚୁ ରାସ୍ତା ଶେଷ ଠାରୁ ସାଢ଼େ ୪ ମିଟର ଭିତରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ପୌର କାର୍ଯ୍ୟ ନିର୍ବାହି ଅଧକାରୀ ପଥ ବିକ୍ରେତା ସଂଘ କର୍ମକର୍ତ୍ତା ମାନଙ୍କୁ କହିବା ପରେ ପଥ ବିକ୍ରେତା ମାନେ ସେହି ଦିନ ବାହାରକୁ ଉଠାଇ ନେଇଥିଲେ। ରାସ୍ତାର ୨ ପାଶ୍ୱରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ଆରଏନବି ସଂସ୍ଥା କର୍ମଚାରୀ ମାନେ ସେଠାରେ ପଥ ବିକ୍ରେତା ମାନଙ୍କୁ ଭୟବିତ କରାଉଛନ୍ତି। ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ସପିଙ୍ଗ କମ୍ପଲେକ୍ସ ନିର୍ମାଣ ବନ୍ଦ କରି ସେହି ଅଟାଳିକା ଗୁଡ଼ିକରେ ଇଂଚୁଡ଼ି ଲବଣ ସତ୍ୟା ଗ୍ରହ ଏବଂ ସ୍ୱାଧିନତା ଆନ୍ଦୋଳର ସଂଗ୍ରହାଳୟ ପ୍ରତିଷ୍ଠା କରାଯାଉଛି। ଓଟି ରୋଡର ସାଢ଼େ ୪ ମିଟର ପର୍ଯ୍ୟନ୍ତ ପ୍ରଶସ୍ତିକରଣ କରାଇବା ପରେ ବାକି ସ୍ଥାନ ଗୁଡ଼ିକ ପଥ ବିକ୍ରେତା କେନ୍ଦ୍ର ଓ ରାଜ୍ୟ କୁଟିରଶିଳ୍ପ, ହସ୍ତଶିଳ୍ପ ସମେତ ଆଞ୍ଚଳିକ ସାମଗ୍ରିର ପଥବିକ୍ରେତା କେନ୍ଦ୍ର ପ୍ରତିଷ୍ଠା କରି ଏହାକୁ ଜାତୀୟ ସ୍ତରରେ ଆକର୍ଷଣୀୟ ପଥ ବିକ୍ରେତା କେନ୍ଦ୍ର କରାଯାଇ ପର୍ଯ୍ୟଟକ ଗ୍ରାହକ ମାନଙ୍କୁ ଆକୃଷ୍ଟ କରାଯାଉ। ବ୍ରିଜ ଅଞ୍ଚଳର କରୋନା ମହାମରୀ ସମୟର ସରକାରୀ ଘୋଷିତ ରିଲିଫ୍ ସମସ୍ତଙ୍କୁ ପ୍ରଦାନ କରାଯାଉ। ଜୟନ୍ତ ଦାସ ଙ୍କ ନେତୃତ୍ୱରେ ଅବିଦ ଖାନ, ମୋହିନି ମୋହନ ପରିଡ଼ା, ଅଭିରାମ ବାରିକ, ପ୍ରଶାନ୍ତ ସେଠୀ, ରତନ ଗିରି, ବିଜୟ ସାହ. ରାଧା ବାରିକ, ସୁମନ ସିଂହ, ନୟନ ମାଲୋହତ୍ରା ପ୍ରମୁଖ ଏହି ଶୋଭା ଯାତ୍ରାରେ ସାମିଲ ହୋଇଥିଲେ।

# ପୁରୀ ପାଇଁ ଐତିହାସିକ ଦିନ :ମୁଖ୍ୟମନ୍ତ୍ରୀ

ପୁରୀ/ ନୂଆଦିଲ୍ଲୀ/ଭୁବନେଶ୍ୱର, (ପି.ଏନ): ପୁରୀରେ ଶ୍ରୀଜଗନ୍ନାଥ ମେଡ଼ିକାଲ କଲେଜ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ଲୋକାର୍ପିତ ହୋଇଯାଇଛି। ଲୋକାର୍ପଣ ସମାରୋହରେ କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ ଭର୍ଚ୍ଚୁଆଲ ମାଧ୍ୟମରେ ଯୋଡ଼ି ହୋଇଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହା ପୁରୀ ପାଇଁ ଐତିହାସିକ ଦିନ। ଶିକ୍ଷକ ଓ ଛାତ୍ରଛାତ୍ରୀଙ୍କ ପ୍ରଚେଷ୍ଟାରେ ପୁରୀବାସୀଙ୍କ ସେବା କରିବାରେ ଏହି ଶିକ୍ଷାନୁଷ୍ଠାନ ନାଁ କରିବ ବୋଲି ମୁଖ୍ୟମନ୍ତ୍ରୀ ଆଶା ବ୍ୟକ୍ତ କରିଥିଲେ। ଅପରପକ୍ଷରେ କେନ୍ଦ୍ରମନ୍ତ୍ରୀ ଶ୍ରୀ ମାଣ୍ଡଭୀୟ ଓଡ଼ିଶାବାସୀଙ୍କୁ ସୁଲଭ ମୂଲ୍ୟରେ ସ୍ୱାସ୍ଥ୍ୟସେବା ଉପଲବ୍ଧ କରିବା ପାଇଁ ଆୟୁଷ୍ମାନ ଯୋଜନା ଲାଗୁ କରିବା ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ଅନୁରୋଧ କରିଛନ୍ତି। ଏହି ଯୋଜନା ଲାଗୁ ହେବା ଦ୍ୱାରା ଓଡ଼ିଆ ଲୋକମାନେ ଲାଭ ପାଇବେ ଏବଂ ସ୍ୱାସ୍ଥ୍ୟ ବ୍ୟବସ୍ଥା ଭଲ ରହିବ ବୋଲି ସେ କହିଛନ୍ତି। କାର୍ଯ୍ୟକ୍ରମ ପରେ ଆୟୋଜିତ ସଭାରେ ମୁଖ୍ୟମନ୍ତ୍ରୀ କହିଥିଲେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ କ୍ଷେତ୍ରରେ ଏକ ଉନ୍ନତମାନର ମେଡିକାଲ କଲେଜ ପ୍ରତିଷ୍ଠା ହୋଇଛି। ଏହାଦ୍ୱାରା ମେଧାବୀ ଛାତ୍ରଛାତ୍ରୀମାନେ ମେଡିକାଲ ପାଠ ପଢିବା ସହିତ ପୁରୀ ଜିଲ୍ଲାରେ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଏକ ନୂଆ ଯୁଗ ଆରମ୍ଭ ହେଲା।କାର୍ଯ୍ୟକ୍ରମରେ ଉପସ୍ଥିତ ଛାତ୍ରଛାତ୍ରୀ ମାନଙ୍କ ସହିତ ଆଲୋଚନା କରି ମୁଖ୍ୟମନ୍ତ୍ରୀ ସେମାନଙ୍କୁ ଅଭିନନ୍ଦନ ଜଣାଇଥିଲେ ଏବଂ ଭବିଷ୍ୟତରେ ଭଲ ଡାକ୍ତର ହୋଇ ନିଷ୍ଠାପର ଭାବେ ଉତମ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ସେମାନଙ୍କୁ ପରାମର୍ଶ ଦେଇଥିଲେ। ଶିକ୍ଷକ ଓ ଛାତ୍ରଛାତ୍ରୀ ମାନଙ୍କ ଉଦ୍ୟମରେ ଏହି କଲେଜ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ନିଜର ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିବ ବୋଲି ମୁଖ୍ୟମନ୍ତ୍ରୀ ଆଶାପ୍ରକାଶ କରିଥିଲେ। ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରୁ ପୁରୀର ଶ୍ରୀ ସମ୍ବିତ ନାୟକ, ରାଜସ୍ଥାନର ପ୍ରଗତୀ ମୀନା ଓ ଓଡିଶାର ଶ୍ରୀ ସିଦ୍ଧାର୍ଥ ସାହୁ ପ୍ରମୁଖ ଛାତ୍ରଛାତ୍ରୀ ଏହି ଆଲୋଚନାରେ ଭାଗ ନେଇ ପୁରୀରେ ପଢିବାର ସୁଯୋଗ ପାଇଥିବାରୁ ଖୁସି ପ୍ରକାଶ କରି ଭବିଷ୍ୟତରେ ଚିକିତ୍ସା ସେବା କ୍ଷେତ୍ରରେ ପ୍ରତିଶୃତିବଦ୍ଧ ହୋଇ କାମ କରିବେ ବୋଲି କହିଥିଲେ। ପିଲାମାନେ କଲେଜର ଭିତିଭୂମିର ଉଚ୍ଚପ୍ରଶଂସା କରିଥିଲେ।ଛାତ୍ରଛାତ୍ରୀଙ୍କ ସହ ମତ ବିନିମୟ କରିବା ଅବସରରେ ଶ୍ରୀ ମାଣ୍ଡଭୀୟ ଓଡ଼ିଶାରେ ସ୍ୱାସ୍ଥ୍ୟସେବା ସୁଲଭ ଓ ସର୍ବବ୍ୟାପୀ କରିବା ପାଇଁ ମେଡ଼ିକାଲ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଛନ୍ତି। ସେ କହିଛନ୍ତି ଯେ ପୁରୀ ଜଗନ୍ନାଥ ମନ୍ଦିର ଯାଇ ଦର୍ଶନ କରିବା ଓ ମହାପ୍ରସାଦ ସେବନ କରିବା ଆମ ପାଇଁ ଗର୍ବର ବିଷୟ। ସେହି ପବିତ୍ର ଧାମରେ ରହି ମେଡ଼ିକାଲ ଶିକ୍ଷା ଲାଭ କରିବା ଛାତ୍ରଛାତ୍ରୀଙ୍କ ପାଇଁ ଗର୍ବର ବିଷୟ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସ୍ୱପ୍ନ ରହିଛି ସ୍ୱାସ୍ଥ୍ୟସେବା ସୁଲଭ ଏବଂ ସର୍ବବ୍ୟାପୀ ହେବା ଦରକାର। ଏଥିପାଇଁ ଏକ ଡ଼ାକ୍ତର ରୂପରେ ଛାତ୍ରଛାତ୍ରୀଙ୍କୁ ଦୂର, ସୁଦୂର, ଗାଁ ଯେଉଁଠି ବି ଦାୟିତ୍ୱ ମିଳୁଛି, ସେମାନେ ଗରିବଙ୍କ ସେବା କରିବା ପାଇଁ ନିଜକୁ ଉତ୍ସର୍ଗ କରିବା ସହ ଦେଶର ସ୍ୱାସ୍ଥ୍ୟ କ୍ଷେତ୍ରରେ ଯୋଗଦାନ ରଖନ୍ତୁ। ମୋଦି ସରକାର ଓ ରାଜ୍ୟ ସରକାର ମିଳିତ ଭାବରେ ରାଜ୍ୟରେ ଅନେକ ମେଡ଼ିକାଲ କଲେଜ ଆରମ୍ଭ କରିଛନ୍ତି ଏବଂ ଆଗାମୀ ଦିନରେ ଅନେକ ମେଡ଼ିକାଲ କଲେଜ କାର୍ଯ୍ୟକ୍ଷମ ହେବାକୁ ଯାଉଛି। ଓଡ଼ିଶା ସମେତ ଦେଶର ଛାତ୍ରଛାତ୍ରୀମାନେ ଗୁଣାତ୍ମକ ଶିକ୍ଷା ନେଇ ଉତମ ଡ଼ାକ୍ତର ହୁଅନ୍ତୁ ଏବଂ ସରକାରୀ ବ୍ୟବସ୍ଥାକୁ ଉପଯୋଗ କରି ରାଜ୍ୟ ଓ ରାଷ୍ଟ୍ର ନିର୍ମାଣରେ ନିଜର ଯୋଗଦାନ ରଖନ୍ତୁ।ସୁନ୍ଦରଗଡ଼ରେ ଏନଟିପିସି ତରଫରୁ ହସ୍ପିଟାଲ ହୋଇଛି। ତାଳଚେରରେ କୋଲ ଇଣ୍ଡିଆ ୧ ହଜାର କୋଟି ଟଙ୍କା ଖର୍ଚ୍ଚ କରି ମେଡ଼ିକାଲ କଲେଜ ନିର୍ମାଣ କରିଛି। ମୋଦି ସରକାରଙ୍କ ସମୟରେ ଓଡ଼ିଶାରେ ସ୍ୱାସ୍ଥ୍ୟ ସୁବିଧା, ମେଡ଼ିକାଲ କଲେଜ ଓ ସିଟ୍ ସଂଖ୍ୟା ବୃଦ୍ଧି ପାଉଛି। ଏହାର ଲାଭ ଓଡ଼ିଶାକୁ ମିଳିବ ବୋଲି କେନ୍ଦ୍ର ସ୍ୱାସ୍ଥ୍ୟ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ କହିଛନ୍ତି।

ଏହି ଉତ୍ସବରେ ରାଜ୍ୟ ସ୍ୱାସ୍ଥ୍ୟ ମନ୍ତ୍ରୀ ନବ ଦାସ,ଗଣଶିକ୍ଷା ମନ୍ତ୍ରୀ ସମୀର ରଞ୍ଜନ ଦାଶ, କ୍ରୀଡ଼ା ମନ୍ତ୍ରୀ ତୁଷାରକାନ୍ତି ବେହେରା , ପୁରୀ ସାଂସଦ ପିନାକୀ ମିଶ୍ର,ଫାଇଭ - ଟି ସଚିବ ଭି.କେ ପାଣ୍ଡିଆନ , ପୂର୍ବତନ ବାଚସ୍ପତି ମହେଶ୍ୱର ମହାନ୍ତି, ରାଜ୍ୟ ଯୋଜନା ବୋର୍ଡ଼ ଉପାଧକ୍ଷ ସଞ୍ଜୟ କୁମାର ଦାସବର୍ମା, ଓ ଜିଲ୍ଲାର ସମସ୍ତ ବିଧାୟକ ପ୍ରମୁଖ ଯୋଗ ଦେଇଥିଲେ। ଏହି କଲେଜରେ ଛାତ୍ରଛାତ୍ରୀ ମାନଙ୍କ ପାଇଁ ୧୦୦ଟି ଏମବିବିଏସ ଆସନ ରହିଛି। ଏହାଦ୍ୱାରା ବର୍ତ୍ତମାନ ସାରା ରାଜ୍ୟରେ ୮ଟି ସରକାରୀ ମେଡିକାଲ କଲେଜର ସମୁଦାୟ ଏମବିବିଏସ ଆସନ ସଂଖ୍ୟା ୧୨୫୦କୁ ବୃଦ୍ଧି ପାଇଛି। ମେଡିକାଲ କଲେଜ ସହିତ ୬୫୦ ଆସନ ବିଶିଷ୍ଟ ଏକ ସାତ ମହଲା ବିଶିଷ୍ଟ ଶିକ୍ଷା ହସ୍‌ପିଟାଲ ନିର୍ମାଣ ପାଇଁ ମଧ କାମ ଚାଲିଛି। ଏହି ଶିକ୍ଷା ହସ୍‌ପିଟାଲ ଜୁଲାଇ ୨୦୨୩ ସୁଦ୍ଧା ଏହା ସଂପୂର୍ଣ୍ଣ ହେବ ବୋଲି ଜଣାଯାଇଛି। ବର୍ତ୍ତମାନ ଏହି କଲେଜ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଶିକ୍ଷା ହସ୍‌ପିଟାଲ ଭାବେ କାର୍ଯ୍ୟ କରୁଛି। ପୁରୀକୁ ବହୁ ସଂଖ୍ୟାରେ ପର୍ଯ୍ୟଟକ ଆସୁଥିବାରୁ ଏହି ମେଡିକାଲ କଲେଜ ଓ ହସ୍‌ପିଟାଲ ଜିଲ୍ଲାର ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ।

# ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏନ୍.ଏସ.ୟୁ. ଆଇ. ପ୍ରତିଷ୍ଠା ଦିବସ ପାଳିତ

ଭୁବନେଶ୍ୱର (ପି.ଏନ): ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏନ୍.ଏସ.ୟୁ. ଆଇ. ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି। ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ୟାସୀର ନଓ୍ୱାଜଙ୍କ ସଭାପତିତ୍ୱରେ ପତାକା ଉତୋଳନ କାର୍ଯ୍ୟକ୍ରମ ହୋଇଥିଲା। ଜଟଣୀ ବିଧାୟକ ସୁରେଶ କୁମାର ରାଉତରାୟ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ପତାକା ଉତୋଳନ କରିଥିଲେ। ଏହି ପରିପ୍ରେକ୍ଷୀରେ ଶ୍ରୀ ନଓ୍ୱାଜ କହିଥିଲେ ଯେ ପୂର୍ବତନ ପ୍ରଧାନ ମନ୍ତ୍ରୀ ଇନ୍ଦିରା ଗାନ୍ଧୀ ଏନ.ଏସ.ୟୁ.ଆଇ. ୧୯୭୧ ମସିହାରେ ପ୍ରତିଷ୍ଠା କରିଥିଲେ। ଛାତ୍ର କଂଗ୍ରେସର ଲକ୍ଷ୍ୟ ଛାତ୍ର ସମାଜକୁ ସଶକ୍ତ କରିବା। ଦାୟୀତ୍ୱବାନ ନାଗରିକ ଓ ନେତା ମଧ ସୃଷ୍ଟି କରିବା ଛାତ୍ର କଂଗ୍ରେସର କାର୍ଯ୍ୟର ଅଂଶ ବିଶେଷ ମାତ୍ର ସେମାନଙ୍କର ଗଣତାନ୍ତ୍ରୀକ, ଧର୍ମ ନିରପେକ୍ଷତା, ସମାନତା ଏବଂ ସୁଗୁଣ ରହିଥିବା ଦରକାର। ଶ୍ରୀ ନଓ୍ୱାଜ କହିଲେ ଓଡ଼ିଶାର ଛାତ୍ର କଂଗ୍ରେସ ଉଭୟ ନବୀନ ସରକାର ଓ ମୋଦୀ ସରକାରର ଭ୍ରଷ୍ଟାଚାର ବିରୋଧରେ ସଂଗ୍ରାମ କରୁଛି। ଚାକିରୀ ବିକିରୀର ପ୍ରତିବାଦ କରିଛି। ନାରୀ ନିର୍ଯ୍ୟାତନା ଓ ହତ୍ୟା, ଦରଦାମ ବୃଦ୍ଧି ପ୍ରସଙ୍ଗରେ ଉଭୟ ସରକାରକୁ ଜୋରଦାର ଘେରିଛି। ଆଜିର ଏହି କାର୍ଯ୍ୟକ୍ରମରେ ଲିଙ୍ଗରାଜ ସାହୁ, ମିହିର ଆଚାର୍ଯ୍ୟ, ରଞ୍ଜିତ ପାତ୍ର, ନିହାର ରଂଜନ ବେହେରା, ନଳିନୀକାନ୍ତ ନାୟକ, କାର୍ତିକେଶ୍ୱର କାଣ୍ଡି, ଅଖିଳେଷ ଯାଦବ, ବିଶ୍ୱଭୂଷଣ ମହାପାତ୍ର, ଏମଡି ସମ୍ବୁଇଲ, ଭାଗ୍ୟଶ୍ରୀ ମହାନ୍ତି, ଜଗଦିଶ ଗଜେନ୍ଦ୍ର, ଅହମ୍ମଦ ଖାନ, ଏସ୍‌କେ ସାହାରୁଖ, ନିତେଶ ରଂଜନ ବେହେରା, ନିୟାଜୁଲ ଇସ୍‌ଲାମ, ଉଦିତ ପ୍ରଧାନ, ଜିତେନ୍ଦ୍ର ମଲ୍ଲିକ, ସନ୍ତୋଷ କୁମାର ଭୋଳ, କୁମାର ସୌରପ, ତୋଫାନ ସେଠୀ, ଅରସଦ ଅନସାରୀ, ମିର ରିୟାଜୁଦିନ, ଆରିୟାନ ଦାସ, ଆଶିଷ ଦାସ, ଶୁଭକାନ୍ତ ବେହେରା, ରୋସନ କୁମାର କିରଣ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

## ୫ଟି ଅଧକ୍ଷ ଠକ Pandian ଙ୍କୁ ସାକ୍ଷାତ କଲା କନ୍ଧମାଳ ପିପୁଲସ୍ ଫୋରମ୍

କନ୍ଧମାଳ:( ସୂର୍ଯ୍ୟ ନାରାୟଣ ବେହେରା),(ପି.ଏନ): କନ୍ଧମାଳ ଜିଲ୍ଲାର ଅଗ୍ରଣୀ ସଂଗଠନ କନ୍ଧମାଳ ପିପୁଲସ୍ ଫୋରମ୍ କଚର ପକ୍ଷରୁ ଠକ ଚବଭୟସବଭ ୫ଞ ଓ ନବୀନ ଓଡ଼ିଶା ର ଅଧକ୍ଷ ଙ୍କୁ ସାକ୍ଷାତ କରି କନ୍ଧମାଳ ଜିଲ୍ଲାରେ ଚ଼ାଲିଥିବା ସରକାରୀ ମେଡ଼ିକାଲ୍ କଲେଜ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଓ ୫ଶ୍ୱ ଅଧକ୍ଷ ଙ୍କୁ ଧନ୍ୟବାଦ୍ ଜଣାଇଛନ୍ତି, ତା ସହିତ କନ୍ଧମାଳ ଜିଲ୍ଲାର ମନ୍ଦିର,ମଠ, ଚ଼ର୍ଚ୍ଚ ଓ ମସଜିଦ୍ ପାଇଁ ଆର୍ଥିକ ସହାୟତା ଯୋଗାଇ ଦେଇଥିବାରୁ ଧନ୍ୟବାଦ୍ ଦେଇଛନ୍ତି। ତତ୍ ସହିତ କନ୍ଧମାଳ ଜିଲ୍ଲାର ଫୁଲବାଣୀ ମେଡ଼ିକାଲ୍ ରେ ଡାକ୍ତର ସମସ୍ୟା ସମାଧାନ, ସରକାରି ଜାଗା ( encrochment land)ରେ ଘର କରିଥିବା ଲୋକଙ୍କୁ ସ୍ଥାୟୀ ଘରବାରୀ ପଟ୍ଟା ଯୋଗାଇବାକୁ ଦାବି କରିଛନ୍ତି। ସମ୍ବଲପୁର ଗୋପାଳପୁର ଭାୟା ଫୁଲବାଣୀ ରେଳ ଲାଇନ୍ ଫୁଲବାଣୀ ସଦର ମହକୁମାକୁ ସଂଲଗ୍ନ କରିବା ସହିତ କନ୍ଧମାଳ ଜିଲ୍ଲାକୁ ଇକୋ ଟୁରିଜୀୟମ ହବ୍ ( eco Tourism hub) ପାଇଁ ଦାବି କରିଛନ୍ତି, ଏଭଳି ପାଞ୍ଚ ଦଫା ଦାବି ପୂରଣ ପାଇଁ ଦାବିପତ୍ର ପ୍ରଦାନ କରିଛନ୍ତି ବୋଲି କଚର ପ୍ରତିଷ୍ଠାତା ତଥା ସଭାପତି ଶ୍ରୀଯୁକ୍ତ ରାଧାମୋହନ ମହାପାତ୍ର ସୁଚ଼ନା ଦେଇଛନ୍ତି।

# ଡିଏସ୍‌ପି ଏମଏଫ ଉନ୍ମୋଚନ କଲା 'ଭିଜନ '

ଭୁବନେଶ୍ୱର (ପିଏନ): ବ୍ୟବସାୟର ଭବିଷ୍ୟତ ସମ୍ପର୍କରେ ଦୂରଦୃଷ୍ଟି ପୋଷଣ କରିବାକୁ ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡ୍ 'ଭିଜନ ୨୦/୨୦' ଶୀର୍ଷକରେ ଏକ ଆକଳନ ବିଚାରାଧାରାକୁ ଉପସ୍ଥାପନ କରୁଛି। ଡାକ୍ତରୀ ଶାସ୍ତ୍ରରେ ୨୦/୨୦ ଦୃଷ୍ଟିଶକ୍ତିର ତୀକ୍ଷ୍ଣ ଅବସ୍ଥା ସମ୍ପର୍କରେ ସୂଚିତ କରୁଛି। ଡିଏସ୍‌ପି ଏମଏଫ ନିବେଶକ ଅଥବା ସମ୍ଭାବ୍ୟ ନିବେଶକ ବ୍ୟବସାୟ ସଂସ୍ଥାଗୁଡିକର ଭବିଷ୍ୟତ ସମ୍ପର୍କରେ ଆକଳନ କରିବା ସମୟରେ ତାହାକୁ ଉଚ୍ଚ ଦୃଶ୍ୟମାନ, ମଧ୍ୟମ ଦୃଶ୍ୟମାନ ଏବଂ ନିମ୍ନ ଦୃଶ୍ୟମାନ ବ୍ୟବସାୟ ସଂସ୍ଥା ଭାବରେ ପୃଥକ କରି ତିନିଟି ଲେନ୍‌ସର ଉପଯୋଗ କରିଛି। ଏହି ଆକଳନରେ କୁହାଯାଇଛି ଯେ ମଧ୍ୟମରୁ ଉଚ୍ଚ ଆୟକାରୀ ବର୍ଗ ଉବେର / ଓଲା ସେବା ବ୍ୟବହାର କରିବା ପରିବର୍ତ୍ତେ ବ୍ୟକ୍ତିଗତ କାର୍ ଅଥବା ଦୁଇଚକିଆ ଗାଡି ଖରିଦ କରିବାକୁ ପସନ୍ଦ କରିବେ। ସମ୍ପ୍ରତି କମ୍ ବ୍ୟୟସାପେକ୍ଷ ଏବଂ ବଜାରରେ ଚାହିଦା ଥିବା ବ୍ୟବହୃତ (ସେକେଣ୍ଡ ହ୍ୟାଣ୍ଡ) ଗାଡିଗୁଡିକର ଚାହିଦା ବୃଦ୍ଧିପାଇଛି। ଅନୁରୂପ ଭାବେ ଏକାଧିକ ସପିଂ ଆପ୍ଲିକେସନ ଜରିଆରେ ଜନସାଧାରଣ ଅନ୍‌ଲାଇନରେ କିଣାକିଣି କରୁଛନ୍ତି ଏବଂ ଅନ୍‌ଲାଇନ ସ୍ୱାସ୍ଥ୍ୟଯତ୍ନ ତଥା ଔଷଧ ଆଦିର ଚାହିଦା ବିପୁଳ ବୃଦ୍ଧି ଘଟିଛି। ଦରିଦ୍ର ଲୋକଙ୍କ ପାଇଁ ସରକାର ଉନ୍ନତ ଜୀବନ ନିର୍ବାହ ପରିବେଶ ଯୋଗାଇବା ଉପରେ ଗୁରୁତ୍ୱ ଦେବା ସମ୍ଭାବନା ଥିବାରୁ ସୁଲଭ ମୂଲ୍ୟ ବାସଗୃହ ନିର୍ମାଣ ମଧ୍ୟ ତ୍ୱରାନ୍ୱିତ ହୋଇପାରେ। ଅନ୍ୟପକ୍ଷରେ ଓ୍ୱାର୍କ ଫ୍ରମ ହୋମ୍ (ଘରେ ରହି ଅଫିସ କାମ କରିବା) ବ୍ୟବସ୍ଥା ଦ୍ୱାରା ଘରଭଡା ବ୍ୟବସାୟ ପ୍ରଭାବିତ ହୋଇପାରେ ଏବଂ ସେହି ସମୟରେ ଇଠକ୍ଷପ୍ଟ;ରନେଟ୍ କାରବାର ବ୍ୟାପକ ହେବ ଏବଂ ଏହାଦ୍ୱାରା ଦୂରସଂଚାର କମ୍ପାନୀଗୁଡିକ ଫାଇଦା ପାଇବେ। ଏଭଳି ପରିସ୍ଥିତିରେ ପ୍ୟାକେଟରେ ଆସୁଥିବା ପ୍ରସ୍ତୁତ ଖାଦ୍ୟର ଚାହିଦା ବୃଦ୍ଧିପାଇବ। ରପ୍ତାନିଭିତ୍ତିକ ଔଷଧୀୟ କମ୍ପାନୀଗୁଡିକ ମଧ୍ୟ 'ଆତ୍ମନିର୍ଭର ଭାରତ' ବିଷୟରୁ ସୁଯୋଗ ନେବାକୁ ଉତ୍ତମ ସ୍ଥିତିରେ ଅଛନ୍ତି। ହ୍ୟାଣ୍ଡ ସାନିଟାଇଜର, ହ୍ୟାଣ୍ଡ ଓ୍ୱାଶ୍ ଭଳି ସାମଗ୍ରୀର କାରବାର ୧୦ହଜାର ଗୁଣ ବୃଦ୍ଧିପାଇଛି। ଅନ୍ୟପକ୍ଷରେ ସାମାଜିକ ନିରାପତ୍ତା ବ୍ୟବସ୍ଥାର ଅଭାବ ଏବଂ ବ୍ୟୟବହୁଳ ସ୍ୱାସ୍ଥ୍ୟଯତ୍ନ ସହିତ ଭାରତରେ ସୁରକ୍ଷା ପ୍ରଦାନକାରୀ ପଲିସୀର ଖୁବ କମ୍ କାରବାର ଯୋଗୁଁ ଉଭୟ ସ୍ୱାସ୍ଥ୍ୟ ଓ ଟର୍ମଲାଇଫ ଇନସ୍ୟୁରାନ୍ସ ଚାହିଦା ବୃଦ୍ଧି ପାଇପାରେ। ଏହାକୁ ଡିଏସ୍‌ପି ଏମଏଫ ଭିଜନ ୧୫/୨୦ ବର୍ଗରେ ସ୍ଥାନିତ କରିଛି। ବେତନ କାଟ ଏବଂ ଚାକିରୀ ଛଟେଇ ଭଳି ଜଟିଳ ସମୟରେ ସାଧାରଣ ଜନତାଙ୍କ ଦ୍ୱାରା ଆଦୃତ ହେଉଥିବା ବ୍ରାଣ୍ଡ୍‌ଗୁଡିକ ପ୍ରିମିୟମ ବ୍ରାଣ୍ଡ୍‌ଗୁଡିକୁ ପଛରେ ପକାଇଦେବା ଆଶା

କରାଯାଉଛି, କାରଣ ଗ୍ରାହକମାନେ ମୂଲ୍ୟପ୍ରତି ସଚେତନ ହୋଇ କିଣାକିଣି କରିବା ଆରମ୍ଭ କରିଛନ୍ତି। ପ୍ରାଥମିକ ସମୟରେ ଅସାଧୁ ମହଜୁଦ କାରଣରୁ ଉପଭୋକ୍ତାଙ୍କ ଦ୍ୱାରା ମୁଖ୍ୟ ଖାଦ୍ୟସାମଗ୍ରୀ ବିପୁଳ ପରିମାଣରେ କିଣାକିଣି କରାଯିବା ପରିଲକ୍ଷିତ ହୋଇଛି ଏବଂ ଏ କ୍ଷେତ୍ରରେ ଦୀର୍ଘସୂତ୍ରୀ ଅଭିବୃଦ୍ଧି ଅପରିବର୍ତ୍ତିତ ରହିବା ମନେ କରାଯାଉଛି। ସ୍ୱାସ୍ଥ୍ୟରକ୍ଷା ଉତ୍ପାଦଗୁଡିକର ସୀମିତ ବ୍ୟବହାର ଏବଂ ଟୁଥପେଷ୍ଟ, ଫେସଓ୍ୱାଶ୍, ସାମ୍ପୁ ଭଳି ଅନ୍ୟ ସ୍ୱାସ୍ଥ୍ୟରକ୍ଷା ବର୍ଗର ଉତ୍ପାଦଗୁଡିକରେ ସେଭଳି ବୃଦ୍ଧି ଲକ୍ଷ୍ୟ କରାଯାଇନାହିଁ। ପ୍ୟାକେଟରେ ଆସୁଥବା ଖାଦ୍ୟସାମଗ୍ରୀ ଚାହିଦା ଆଶାତୀତ ବୃଦ୍ଧିଘଟିଛି ଏବଂ ନିକଟରେ ଜଣେ ବିସ୍କୁଟ ଉତ୍ପାଦନକାରୀଙ୍କ କହିବା ଅନୁଯାୟୀ ସେମାନେ ଅଶୀବର୍ଷ ମଧ୍ୟରେ ଯେତିକି ବ୍ୟବସାୟ କରିନଥିଲେ ତାହା ଚଳିତ ମାସଗୁଡିକରେ କରିଛନ୍ତି। ତେବେ ଏହି ଧାରା ଜାରି ରହିବ ବୋଲି ଆମେ ମନେକରିପାରିବା ନାହିଁ। ଡିଏସ୍‌ପି ଏମଏଫର ଭିଜନ ୧୦/ ୨୦ ବର୍ଗରେ ଏହା ସ୍ଥାନ ପାଇଛି। ସାମ୍ପ୍ରତିକ ସ୍ଥିତିରେ ଲୋକେ ବାହାରେ ଖାଇବା ବନ୍ଦ କରିଦେଇଛନ୍ତି। ମହାମାରୀ ସମୟରେ ଅନ୍‌ଲାଇନ ସାମଗ୍ରୀ ଯୋଗାଣ ଗୁରୁତର ପ୍ରଭାବିତ ହୋଇଥିଲା ଏବଂ ଏହିସବୁ ରୋଷଶାଳା ବନ୍ଦ ହୋଇଯାଇଥିଲା। ଖୁଚୁରା ବ୍ୟବସାୟ ମଧ୍ୟ ପ୍ରଭାବିତ ହୋଇଥିଲା, ଯଦିଓ ସମ୍ପ୍ରତି ଏଥିରେ ପୁନରୁଦ୍ଧାର ଘଟିବାର କେତେକ ସୂଚନା ମିଳୁଛି। ତେଣୁ ଏହି ଶ୍ରେଣୀଗୁଡିକ ପୂର୍ବ ଅବସ୍ଥାକୁ ଫେରିବା ନିମନ୍ତେ କିଛି ସମୟ ଲାଗିବ ଏବଂ ଉପଭୋକ୍ତାଙ୍କର ବିଶ୍ୱାସ ଫେରାଇ ଆଣିବା ସହିତ ସେମାନଙ୍କ ଆସ୍ଥା ଜିତିବା ଏ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ହେବ। ତତ୍‌ସହିତ ସମ୍ପ୍ରତି ଚଳଚ୍ଚିତ୍ରଗୁଡିକ ଅନ୍‌ଲାଇନ ପ୍ଲାଟଫର୍ମରେ ମୁକ୍ତିଲାଭ କରୁଥିବାରୁ ମଲ୍‌ଟିପ୍ଲେକ୍ସଗୁଡିକ ପ୍ରଭାବିତ ହେବ। ବିମାନରେ ଆବଦ୍ଧ ପରିବେଶ ସହିତ ଯାତ୍ରୀମାନେ ପାଖାପାଖି ବସୁଥିବାରୁ ନିୟମିତ ଯାତ୍ରୀବାହୀ ବିମାନ ଚଳାଚଳ ସ୍ୱାଭାବିକ ହେବାକୁ ଆଉ କିଛିଦିନ ଲାଗିପାରେ। କୋଭିଡ ଓ ଅଣ କୋଭିଡ ଚିକିତ୍ସା ନିମନ୍ତେ ରାଜ୍ୟ ସରକାରମାନେ ମୂଲ୍ୟ ସ୍ଥିର କରୁଥିବାରୁ ହସପିଟାଲଗୁଡିକରେ ଘରୋଇ ନିବେଶ ପ୍ରଭାବିତ ହୋଇପାରେ ବୋଲି କୁହାଯାଇଛି। ବ୍ୟାଙ୍କଗୁଡିକ ମଧ୍ୟ ମୋରାଟୋରିୟମକୁ ନେଇ ଆଗକୁ ବଢିବା ସମ୍ପର୍କରେ ଶିକ୍ଷାଲାଭ କରୁଛନ୍ତି ଏବଂ ଏହାଦ୍ୱାରା କେତେ ପ୍ରତିଶତ ଅର୍ଥ ପୁନର୍ଗଠନ କରାଯିବ, ତାହା ଦେଖିବାକୁ ବାକି ରହିଛି। ଏହା ଭିଜନ ୫/୨୦ରେ ସ୍ଥାନିତ ହୋଇଛି। ଡିଏସ୍‌ପିର ପୋର୍ଟଫୋଲିଓର ମୁଖ୍ୟଭାଗ ଉଚ୍ଚ ଏବଂ ନିମ୍ନ ଦୃଶ୍ୟମାନ କ୍ଷେତ୍ରରେ ଥିବା କମ୍ପାନୀଗୁଡିକୁ ନେଇ ପ୍ରସ୍ତୁତ। ଡିଏସ୍‌ପି ଏମଏଫ୍‌ର ବିଶ୍ୱାସ ଯେ କମ୍ ପରିମାଣର ଋଣ ସହିତ ଅଧିକ ଅର୍ଥ ପ୍ରବାହ ବ୍ୟବସ୍ଥା ସୃଷ୍ଟି ଦୀର୍ଘସୂତ୍ରୀ ଆକାରରେ ଉତ୍ତମ ଭାବେ କାର୍ଯ୍ୟ କରିଥାଏ ଏବଂ ଆମେ ସମ୍ପ୍ରତି ଯାହା ଦେଖୁଛୁ ସଙ୍କଟ ସମୟରେ ଏହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିବେଚିତ ହୁଏ। ମାତ୍ରାଧିକ ଋଣକୁ ନେଇ ଭାରାକ୍ରାନ୍ତ ଅଥବା ସ୍ୱଳ୍ପ ଅର୍ଥ ପ୍ରବାହ ବ୍ୟବସ୍ଥା ଥିବା କମ୍ପାନୀଗୁଡିକ ହୁଏତ ସଫଳତାର ସହିତ ପ୍ରତିଦ୍ୱନ୍ଦ୍ୱିତା କରିବା ନେଇ ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି। ଗୋଟିଏ କମ୍ପାନୀ ମୂଳଧନକୁ କେତେ ଦକ୍ଷ ଭାବରେ ନିବେଶ କରିପାରୁଛି ଏବଂ ପୁଞ୍ଜି ଦକ୍ଷତାଭିତ୍ତିକ ବ୍ୟବସାୟକୁ ପସନ୍ଦ କରୁଛି, ତାହା ଉପରେ ସମ୍ପତ୍ତି ସୃଷ୍ଟି ନିର୍ଭର କରେ ବୋଲି ଡିଏସ୍‌ପିର ବିଶ୍ୱାସ। ଏହା ଏକଥା ମଧ୍ୟ କହିଛି ଯେ ସାମ୍ପ୍ରତିକ ପରିବେଶ ଅନିଶ୍ଚିତ ଏବଂ ଅସ୍ଥିର ଅବସ୍ଥାରେ ରହିଛି। ବର୍ତ୍ତମାନ ସମୟରେ ଘଟୁଥିବା ପରିବର୍ତ୍ତନ ଉପଭୋକ୍ତାଙ୍କ ଆଚରଣରେ ପରିବର୍ତ୍ତନ ଆଣିବ। ତେଣୁ ଏହାକୁ ନେଇ ଡିଏସ୍‌ପି ଏମଏଫ ଉଲ୍ଲସିତ ଥିଲେ ମଧ୍ୟ ଭବିଷ୍ୟତ ପ୍ରତି ସଜାଗ ଦୃଷ୍ଟି ରଖିଛି।




# ଧର୍ମ ପରିବର୍ତ୍ତନ ନା ହୃଦୟ ପରିବର୍ତ୍ତନ !

ନିକଟରେ ରାଜଧାନୀ ଦିଲ୍ଲୀର ଆମ୍ବେଦକର ଭବନଠାରେ ଦଶ ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କ ସମାଗମ ହୋଇଥିଲା। ସମସ୍ତେ ଏକ ସ୍ୱରରେ କହୁଥିଲେ କୃଷ୍ଣ ଭଗବାନ କିଏ? ରାମଙ୍କୁ ଆମେ କାହିଁକି ମାନିବୁ? ଶିବ ଗଞ୍ଜୋଡ଼ ଇତ୍ୟାଦି। ମନ ଭିତରେ ସେମାନଙ୍କର ଭୀଷଣ କ୍ଷୋଭ ଓ ବିରକ୍ତିକର ଭାବନା ବାରି ହୋଇପଡୁଥିଲା। ଗତ ମାସର ପ୍ରଥମ ସପ୍ତାହରେ ଘଟିଥିବା ଏହି ମତାନ୍ତରଣ ଆମ ସମସ୍ତଙ୍କୁ ଦୀର୍ଘଦିନ ପର୍ଯ୍ୟନ୍ତ ଚିନ୍ତା କରିବାକୁ ବାଧ୍ୟ କରିବ। ଆୟୋଜକମାନେ ଦାବି କରନ୍ତି ଯେ, ଆମ ସମ୍ବିଧାନ ପ୍ରତ୍ୟେକ ବ୍ୟକ୍ତିଙ୍କୁ ନିଜ ଇଚ୍ଛା ଅନୁସାରେ କୌଣସି ଧର୍ମ ଗ୍ରହଣ କରିବା ପାଇଁ ସ୍ୱାଧୀନତା ଦେଇଆସିଛି। ଏହି କାର୍ଯ୍ୟକ୍ରମରେ ଦଶହଜାର (ଦଳିତ) ଜନଜାତିବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କରି ବୌଦ୍ଧଧର୍ମ ଗ୍ରହଣ କଲେ। ବର୍ତ୍ତମାନ ପ୍ରଶ୍ନ ଉଠୁଛି ଏକସଙ୍ଗରେ ଦଶ ହଜାର ବ୍ୟକ୍ତିଙ୍କୁ କିପରି ହିନ୍ଦୁଧର୍ମ ଅସହ୍ୟବୋଧ ହେଲା, ବୌଦ୍ଧମତ ପ୍ରତି ଆସ୍ଥା ଘନୀଭୂତ ହେଲା? କାର୍ଯ୍ୟକ୍ରମଟିରେ ମନ୍ତ୍ରୀ ରାଜେନ୍ଦ୍ର ପାଲ ଗୌତମଙ୍କର ସକ୍ରିୟତା ବିବାଦାସ୍ପଦ ମନେହୁଏ। ସମାରୋହରେ ବାବାସାହେବ ଆମ୍ବେଦକରଙ୍କ ନାତି ରାଜରତ୍ନ ଆମ୍ବେଦକର ଉପସ୍ଥିତ ଥିଲେ। ସେ ଲୋକମାନଙ୍କୁ ହିନ୍ଦୁ ଦେବଦେବୀଙ୍କୁ ନ ମାନିବା, ପୂଜାପାଠ ନ କରିବା ଆଦି ପ୍ରତିଜ୍ଞା କରାଉଥିଲେ। ତାଙ୍କ ବକ୍ତବ୍ୟରେ ଭାରତୀୟ ସମାଜ ବ୍ୟବସ୍ଥା ପ୍ରତି ଆକ୍ରମଣାତ୍ମକ ମନୋଭାବ ଭରିରହିଥିଲା।

ବାବାସାହେବ ବୌଦ୍ଧ ଭିକ୍ଷୁ ନଥିଲେ ବରଂ ଜଣେ ରାଜନୈତିକ ବ୍ୟକ୍ତି ଥିଲେ। ସେ ୧୯୩୫ ମସିହାରେ ହିନ୍ଦୁଧର୍ମ ତ୍ୟାଗ କରିବାକୁ ଘୋଷଣା କରଥିଲେ ମଧ୍ୟ ସ୍ୱାଧୀନତା ପରବର୍ତ୍ତୀ ସମୟରେ ୧୯୫୬ ମସିହାରେ ବୌଦ୍ଧଧର୍ମ ଗ୍ରହଣ କଲେ। ପ୍ରଶ୍ନ ଉଠେ ସେ ଦୀର୍ଘ ୨୦ ବର୍ଷ କାହିଁକି ଅପେକ୍ଷା କଲେ? ତାଙ୍କର ନିଷ୍ପତ୍ତି ଭୁଲ ଥିଲା କି? ବାବାସାହେବ ବୌଦ୍ଧଧର୍ମ ଗ୍ରହଣ କରିବା ପଛର ବଡ଼ କାରଣ ଥିଲା ହିନ୍ଦୁଧର୍ମରେ ଥିବା ପଛୁଆ (ଦଳିତ) ବର୍ଗଙ୍କୁ ସମାନ ଅଧିକାର ଦେବା। ବାବାସାହେବଙ୍କ ଉଦ୍ଦେଶ୍ୟ ମହାନ ଥିଲେ ମଧ୍ୟ ଏହାର କୌଣସି ପ୍ରଭାବ ତତ୍କାଳୀନ ସମାଜରେ ପଡ଼ିପାରି ନଥିଲା। ବାବା ସାହେବଙ୍କ ପରେ ବହୁ ପଛୁଆ ଦଳିତ ବର୍ଗର ବ୍ୟକ୍ତି ବୌଦ୍ଧଧର୍ମ ଗ୍ରହଣ କରିଥିଲେ। ସବର୍ଣ୍ଣ ଅସବର୍ଣ୍ଣ ଭେଦଭାବରେ କୌଣସି ପରିବର୍ତ୍ତନ ଆସି ନଥିଲା। ଦୀର୍ଘ ୭୦ବର୍ଷ ପରେ ଏବେ ଯଦି ହିନ୍ଦୁ ସମାଜକୁ ଦେଖିବା, ତେବେ ଆଜି ଅନେକ କ୍ଷେତ୍ରରେ ଦଳିତଙ୍କର ସାମାଜିକ ଉତ୍ଥାନ ହୋଇଛି। ସେମାନେ ସବର୍ଣ୍ଣଙ୍କ ସହିତ ସମାନ କିମ୍ବା କେତେକ ସ୍ଥାନରେ ସେମାନଙ୍କଠାରୁ ଅଧିକ ଭଲ ସ୍ଥିତିରେ ଅଛନ୍ତି।

ବାସ୍ତବରେ ଏପରି କ'ଣ ଆବଶ୍ୟକ ପଡ଼ିଲା ଅଥଚ ଦଶ ହଜାର ପଛୁଆ ବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କଲେ? ଆୟୋଜକମାନଙ୍କ କାର୍ଯ୍ୟକଳାପକୁ ନେଇ ଅନେକ ସନ୍ଦେହ ସୃଷ୍ଟି ହେଉଛି। ବାବା ସାହେବଙ୍କର ଉଦ୍ଦେଶ୍ୟ ଥିଲା ସମାଜକୁ ଯୋଡ଼ିବା, ପଛୁଆ ବର୍ଗଙ୍କୁ ସମାନ ଅଧିକାର ପ୍ରଦାନ କରବା। କିନ୍ତୁ ସମ୍ପ୍ରତି ଏହି କାର୍ଯ୍ୟକ୍ରମରୁ ଜଣାପଡୁଛି ଏଠାରେ ସମାଜକୁ ଯୋଡ଼ିବା ବଦଳରେ ବିଭାଜନ କରିବାର ଭାବନା ବେଶି। କୌଣସି ବ୍ୟକ୍ତି ଜୈନ, ବୌଦ୍ଧ ଓ ଶିଖ ମତ ଗ୍ରହଣ କଲେ ତାଙ୍କୁ ଧର୍ମ ପରିବର୍ତ୍ତନ ବୋଲି ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ସ୍ୱୀକାର କରେନାହିଁ। ସେମାନଙ୍କ ଉପରେ କୌଣସି ଆପତ୍ତି ଉଠାଏ ନାହିଁ। କାରଣ ବୌଦ୍ଧମତ ହିନ୍ଦୁଧର୍ମର ଏକ ଉପାଙ୍ଗ ରୂପେ ରହିଆସିଛି। ବର୍ତ୍ତମାନ କେନ୍ଦ୍ରରେ ବିଜେପି ସରକାରଙ୍କୁ ଶାସନରୁ ହଟାଇବା ପାଇଁ ହିନ୍ଦୁଧର୍ମରୁ ଜନଜାତି ପଛୁଆବର୍ଗଙ୍କୁ ଅଲଗା କରିବା ତଥା ମୁସଲମାନଙ୍କୁ ଅଗ୍ରାଧିକାର ଦେବା ଭିତ୍ତିରେ କେଜ୍ରିୱାଲ ସରକାର ଯୋଜନା ପ୍ରସ୍ତୁତ କରୁଛି। ଓଡ଼ିଶାର ଧର୍ମାନ୍ତରୀକରଣ ମଧ୍ୟ ଏକ ସ୍ପର୍ଶକାତର ବିଷୟ। ରାଜ୍ୟ ସରକାର ଏ ପ୍ରସଙ୍ଗରେ ଜାଣିଶୁଣି ଯେପରି ଆଖିବୁଜି ଦେଇଛନ୍ତି ତାହା ଆଗାମୀ ଦିନରେ ଓଡ଼ିଶାର ସଂସ୍କୃତି ତଥା ସମାଜ ଉପରେ ପ୍ରତିକୂଳ ପ୍ରଭାବ ପକାଇବ। ମୁଖ୍ୟମନ୍ତ୍ରୀ ନିକଟରେ ୟୁରୋପ ଗସ୍ତରେ ଯାଇ ପୋପ୍‌ଙ୍କୁ ଯେପରି ସାକ୍ଷାତ କଲେ ତାହା ଓଡ଼ିଶାକୁ ୟୁରୋପୀକରଣ କରିବାର ପ୍ରାକ୍ ପ୍ରସ୍ତୁତି ବୋଲି ବୁଝିବାକୁ ହେବ। ସମ୍ପୂର୍ଣ୍ଣ ରାଜନୈତିକ ଉଦ୍ଦେଶ୍ୟ ରଖି ଯେତେବେଳେ କାର୍ଯ୍ୟ କରାଯାଏ ସେତେବେଳେ ଧାର୍ମିକ ଆସ୍ଥା କେବଳ ଏକ ବାହାନା ହୋଇଥାଏ। ଦିଲ୍ଲୀର ଆମ୍ବେଦକର ଭବନରେ ଧର୍ମାନ୍ତରୀକରଣ ସମାରୋହ କରାଇଥିବା ବ୍ୟକ୍ତି ରାଜେନ୍ଦ୍ର ପାଲ 'ବୁଦ୍ଧିଷ୍ଟ ସୋସାଇଟ ଅଫ ଇଣ୍ଡିଆ' ଜୟଭୀମ ମିଶନର ରାଷ୍ଟ୍ରୀୟ ସଂରକ୍ଷକ। ଏହି ଜୟଭୀମ ମିଶନ ଓଡ଼ିଶାର ପୁରପଲ୍ଲୀରେ ଥିବା ଜନଜାତି ଅଞ୍ଚଳରେ ମଧ୍ୟ ତା'ର କାର୍ଯ୍ୟ ଆରମ୍ଭ କରିଦେଇଛି। ଓଡ଼ିଶାବାସୀ ସତର୍କ ରହିବା ଆବଶ୍ୟକ। ଧର୍ମ ପରିବର୍ତ୍ତନ ହୃଦୟ ପରିବର୍ତ୍ତନର ବିଷୟ। ରାଜନୈତିକ ଉଦ୍ଦେଶ୍ୟ ରଖି କାହାର ହୃଦୟକୁ ପରିବର୍ତ୍ତନ କରାଯାଇପାରେ ନାହିଁ। ଦେଶ ଦୁନିଆ ପାଇଁ ଏହା ଚିନ୍ତାର କାରଣ।

**—ଚିତ୍ତରଞ୍ଜନ ମହାପାତ୍ର**
**ଶିମୂଳୀପାଟଣା, ଚନ୍ଦକା, ମୋ-୯୪୩୯୫୬୧୮୫୪**

## ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ସାଧାରଣ ବୈଠକ ଅନୁଷ୍ଠିତ

ଭୁବନେଶ୍ୱର (ପିଏନ୍): ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ଏକ ସାଧାରଣ ବୈଠକ ଭୁବନେଶ୍ୱରସ୍ଥିତ ସଂଘ କାର୍ଯ୍ୟାଳୟରେ କାର୍ଯ୍ୟକାରୀ ସଭାପତି ଶ୍ରୀଯୁକ୍ତ ଧନଞ୍ଜୟ ତ୍ରିପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ପୂର୍ବରୁ ମହାସଂଘର ଦାବିଗୁଡ଼ିକ ମାନ୍ୟବର ମୁଖ୍ୟମନ୍ତ୍ରୀ, ୫-ଟି ସଚିବ, ମୁଖ୍ୟ ଶାସନ ସଚିବ, ବିଭାଗୀୟ ସଚିବ ଓ ରାଜ୍ୟ ସାଙ୍ଗଠନିକ ସମ୍ପାଦକଙ୍କୁ ପ୍ରଦାନ କରାଯାଇଥିବାର ବିଷୟ ସମ୍ପାଦକ ଶ୍ରୀଯୁକ୍ତ ବାବାଜୀ ଚରଣ ବାରିକ ଉପସ୍ଥିତ ସଭ୍ୟ/ସଭ୍ୟାଙ୍କୁ ସୂଚନା ଦେଇଥିଲେ। ସେତେବେଳର ସରକାରୀ ଦଳର ମୁଖ୍ୟ ସଚେତକ ଶ୍ରୀମତ ପ୍ରମିଳା ମଲ୍ଲିକଙ୍କ ଦ୍ୱାରା ଆଗତ ପ୍ରସ୍ତାବ ବିଧାନସଭାରେ ଗୃହୀତ ହୋଇଥିଲା। ବର୍ତ୍ତମାନ ବିଧାନସଭାର ଶିକ୍ଷା ଷ୍ଟାଣ୍ଡିଂ କମିଟି ଅଧ୍ୟକ୍ଷ ଶ୍ରୀଯୁକ୍ତ ଭୂପିନ୍ଦର ସିଂହ ମଧ୍ୟ ଗୃହରେ ଆଲୋଚନା କରି ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ତେଣୁ ସରକାରଙ୍କ ଉଦ୍ଦେଶ୍ୟରେ କୌଣସି ବିରୋଧାତ୍ମକ କାର୍ଯ୍ୟ ନ କରି ପୂର୍ଣ୍ଣ ଭରସା ରଖି ତୁରନ୍ତ ବୟସ ଅତିକ୍ରାନ୍ତ ହୋଇଥିବା ସମସ୍ତ ପୁରୁଣା ସି.ଟି./ବି.ଏଡ୍. ଭାଇଭଉଣୀମାନଙ୍କୁ ସ୍ୱତନ୍ତ୍ର ପ୍ୟାକେଜ୍‌ରେ ନିଯୁକ୍ତି କରାଯିବାକୁ ସଂଘ ତରଫରୁ ସରକାରଙ୍କ ନିକଟରେ ଦାବି ରଖାଗଲା। ସମସ୍ତ ଅଧିକାରୀଙ୍କ ନିକଟକୁ ସଂଘର ଦାବିପତ୍ରକୁ ତୁରନ୍ତ ପହ ଞ୍ଚାଇବାକୁ ସମ୍ପାଦକଙ୍କୁ ଦାୟିତ୍ୱ ପ୍ରଦାନ କରାଗଲା। ଉକ୍ତ ବୈଠକରେ ସଂଘର ଉପ-ସଭାପତି ମୀନକେତନ ମିଶ୍ର, ସହ-ସମ୍ପାଦକ ବିନୟ କୁମାର ମହାପାତ୍ର, କୋଷାଧ୍ୟକ୍ଷ ମନଜା ମଞ୍ଜରୀ ସାହୁ, କଲ୍ୟାଣୀ ସାହୁ, ସୁକାନ୍ତି ନନ୍ଦ, ଗଙ୍ଗାଧର ସାହୁ, ପ୍ରଦୀପ୍ତ କୁମାର ସାହୁ, ପ୍ରଶାନ୍ତ କୁମାର ରାଉତ, ବଂଶୀଧର ପାଣି, ଦର୍ଶନ କୁମାର ବିନ୍ଧାଣି, ନାରାୟଣ ଚନ୍ଦ୍ର ବାରିକ, ବିଷ୍ଣୁଚରଣ ଦାଶ, ବିଜୟ ନାୟକ, ସୁଦାମ ଚରଣ ଦାସ, ଜ୍ଞାନରଞ୍ଜନ ପଣ୍ଡା, ଚିତ୍ତରଞ୍ଜନ ବଳିଆରସିଂହ, ବ୍ରହ୍ମାନନ୍ଦ ପଣ୍ଡା, ପ୍ରଫୁଲ୍ଲ ମହାପାତ୍ର, ଗୋବିନ୍ଦ ଚନ୍ଦ୍ର ବେହେରା, ଗଗନ ଚନ୍ଦ୍ର ମିଶ୍ର, ଦିବାକର ପ୍ରଧାନ, ବିଦ୍ୟାଧର ସାହୁ, ଓ ଜଗନ୍ନାଥ ସାହୁ ପ୍ରମୁଖ ସଭ୍ୟସଭ୍ୟାମାନେ ଉପସ୍ଥିତ ଥିଲେ।

## ଫକୀରମୋହନ ବିଶ୍ୱବିଦ୍ୟାଳୟ ପରିସରରେ ଆନ୍ତର୍ଜାତିକ ଉନ୍ମୁକ୍ତ ଉତ୍ସବ ଉଦ୍‌ଯାପିତ



ବାଲେଶ୍ୱର (ପିଏନ୍)-ବାଲେଶ୍ୱର ଫକୀରମୋହନ ବିଶ୍ୱବିଦ୍ୟାଳୟ ଭାଷା ଓ ସାହିତ୍ୟ ବିଭାଗ ପରିସରରେ କଳା, ସାହିତ୍ୟ ଓ ସଂସ୍କୃତିର ମହାର୍ଘ୍ୟ ପର୍ବ ଉନ୍ମୁକ୍ତ ଆନ୍ତର୍ଜାତିକ ଉତ୍ସବ ଫକୀରମୋହନ ବିଶ୍ୱ ବିଦ୍ୟାଳୟ ଓ ୟଙ୍ଗହାର୍ଟ ମିଳିତ ସହଯୋଗରେ ଉଦ୍‌ଯାପିତ ହୋଇଯାଇଛି। ଏହି ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ବିଦ୍ୟାଳୟର କୁଳପତି ସନ୍ତୋଷ କୁମାର ତ୍ରିପାଠୀଙ୍କ ସଭାପତିତ୍ୱରେ ଆନ୍ତର୍ଜାତିକ ସ୍ତରର ଅତିଥି ମାନେ ଯୋଗ ଦେଇଥିବା ବେଳେ ପଦ୍ମଶ୍ରୀ ଇଲିଆନ ସିତାରିଷ୍ଟି, ପ୍ରଫେସର ମୁନେଶ ଚନ୍ଦ୍ର ଅଧିକାରୀ, କୁଙ୍କୁମିନା ଦାସ, ଅଭିନେତା ଅଶ୍ରୁମୋଚନ ମହାନ୍ତି, ଶୈଳେନ୍ଦ୍ର ମହାନ୍ତି ଏବଂ ମୁଖ୍ୟ ଅତିଥି ଭାବେ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଯୋଗଦେଇ ନିଜ ନିଜର ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ପ୍ରକାରର ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା ବେଳେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ଷ୍ଟଲରେ ନିଜସ୍ୱ ହସ୍ତଶିଳ୍ପ ପ୍ରଦର୍ଶନୀ ଓ ବିକ୍ରି ଏବଂ ବିଭିନ୍ନ ପ୍ରକାରର ଓଡ଼ିଆ ଘରର ପରମ୍ପରା ଅନୁସାରେ ଖାଦ୍ୟ, ପ୍ରଦର୍ଶନୀ ଏବଂ ବିକ୍ରି କରାଯାଇଥିଲା। ଶେଷରେ ଆମ ପରମ୍ପରାର ସଭାପତି ଶ୍ରୀଯୁକ୍ତ ବିକର୍ତନ ନାୟକ ଜଗନ୍ନାଥଙ୍କ ଭଜନ ଗାଇ ଧନ୍ୟବାଦ ଅର୍ପଣ କରିଥିଲେ।

## ପ୍ରକୃତି କୋଳରେ ସ୍ନାନର ଅନୁଭବ : ଫରେଷ୍ଟ ବାଥିଂ



ବର୍ତ୍ତମାନର ସମୟକୁ ଦେଖିଲେ ଭିତରେ ଶରୀରର ସୁସ୍ଥତାକୁ ଗୁରୁତ୍ୱ ଯନ୍ତ୍ରଣାସିକ୍ତ ସମୟରେ ସେମାନଙ୍କୁ ବାସ୍ତବରେ ସ୍ୱାସ୍ଥ୍ୟ ହିଁ ସମ୍ପଦ। ପ୍ରକୃତି ସହ ପ୍ରତ୍ୟକ୍ଷ ଓ ପରୋକ୍ଷ ପବନରେ ଗଢ଼ା ଆମ ଏହି ସ୍ଥୂଳ ତତ୍ତ୍ୱରେ ଏହି ତିନୋଟି ଉପାଦାନର ରହିଛି। ବର୍ତ୍ତମାନର ବସ୍ତୁସର୍ବସ୍ୱ ଓ ଜୀବନ ଭିତରେ ସମସ୍ତେ ଅନେକ ଅବସକୁ ଅନୁଭବ କରନ୍ତି। ଅନେକ ବ୍ୟସ୍ତବହୁଳ ଜୀବନ ଦେଇନଥାନ୍ତି କିନ୍ତୁ ପରବର୍ତ୍ତୀ ଏହା ଅନୁଭବୀ କରିଥାଏ ଯେ ଆବହମାନ ସମୟରୁ ଆମ୍ଭେମାନେ ଭାବେ ଜଡ଼ିତ। ମାଟି, ପାଣି ଓ ଶରୀର ଏବଂ ପ୍ରତିଟି ମଣିଷର ଶରୀର ଗୁରୁତ୍ୱପୂର୍ଣ୍ଣ ଓ ଅପରିହାର୍ଯ୍ୟ ଉପଲବ୍ଧି ବୃତ୍ତିଗତ କ୍ଷେତ୍ରକୁ ନେଇ ଧାଁ ଧଉଡ ସମୟରେ କ୍ଳାନ୍ତ ବା ଶରୀରର ସେମାନେ କିଛି ବିଶ୍ରାମ ଚାହିଁଥାନ୍ତି କିନ୍ତୁ ସେମାନଙ୍କ ବିଶ୍ରାମ ପରୋକ୍ଷ ଭାବେ ସେମାନଙ୍କର କାର୍ଯ୍ୟ ବ୍ୟସ୍ତତା ଭିତରେ ବାଧା ପହଞ୍ଚାଇଥାଏ। କିନ୍ତୁ ବାସ୍ତବ କଥା ହେଉଛି ଶରୀର ରଖି ହିଁ ଜୀବନ ଧର୍ମ ସାଧନ କରିବା କଥା ଯାହାକି ଅନେକ ସମୟରେ ଆମେ ଜାଣି ମଧ୍ୟ ଏହାକୁ କାର୍ଯ୍ୟରେ ପରିଣତ କରିନଥାଉ। ସୁସ୍ଥ ରହିବା ପାଇଁ ମଣିଷ ଯୋଗ, ବ୍ୟାୟାମ ଠାରୁ ସୁଷମ ତଥା ସନ୍ତୁଳିତ ଖାଦ୍ୟ ଖାଇବା ଯାଏ କ'ଣ ନକରେ। କିଛି ଲୋକ ଶରୀରକୁ ସତେଜ ରଖିବା ପାଇଁ କେତେବେଳେ ଷ୍ଟିମ ବାଥ, ମଡ଼ ବାଥ ଭଳି ପଦ୍ଧତି ଆପଣେଇଥାଆନ୍ତି। କିନ୍ତୁ ଫରେଷ୍ଟ ବାଥ। ମାନେ ଝରଣାରେ ଗାଧୋଇ ପଡ଼ିଲେ ତାହା ଜଙ୍ଗଲ ସ୍ନାନ ସହିତ ସମାନ ହୋଇଯିବ। କିନ୍ତୁ ଏହି ଧାରଣା ବି ଠିକ ନୁହେଁ। ଜଙ୍ଗଲ ସ୍ନାନ ହେଉଛି ଏକ ନିର୍ଦ୍ଦିଷ୍ଟ ପଦ୍ଧତି। ଜୀବନକୁ ଚାପମୁକ୍ତ, ସ୍ୱାସ୍ଥ୍ୟକର ତଥା ସୁଖଦ କରିବା ପାଇଁ ଜାପାନିମାନେ ପ୍ରଥମେ ଜଙ୍ଗଲ ସ୍ନାନ ପଦ୍ଧତି ଆରମ୍ଭ କରିଥିଲେ। ଏଥିରେ ଅତ୍ୟଧିକ ୱାର୍କଆଉଟ କରିବାକୁ ପଡ଼ିବ ନାହିଁ, ଜିମ୍ ଯିବାକୁ ହେବ ନାହିଁ। ତଥାପି ଜୀବନକୁ ସହଜ ଓ ସୁନ୍ଦର କରାଯାଇପାରିବ। ଜଙ୍ଗଲ ସ୍ନାନ କହିଲେ ଘଞ୍ଚ ଜଙ୍ଗଲର ଗାଢ଼ ସବୁଜିମା ମଧ୍ୟରେ କିଛି ଘଣ୍ଟା ଶାନ୍ତିରେ ଚଲାବୁଲା କରିବା।

ଅନେକ ହୁଏତ ଜାଣିନଥାନ୍ତି ସାରା ବିଶ୍ୱରେ ପ୍ରଥମ ଥର ପାଇଁ ଜାପାନି ବିଶେଷଜ୍ଞମାନେ ଫରେଷ୍ଟ ବାଥିଂ ବା ଜଙ୍ଗଲ ସ୍ନାନର ଧାରଣା ସୃଷ୍ଟି କରିଥିଲେ। ଜାପାନର ସୀମା ଅତିକ୍ରମ କରି ଏବେ ଏହି ପଦ୍ଧତି ଅନ୍ୟାନ୍ୟ ଦେଶକୁ ପ୍ରସରି ଗଲାଣି। ଜଙ୍ଗଲ ସ୍ନାନ ଟ୍ରେକିଂ ବା ହାଇକିଂ ସହିତ ସମାନ ନୁହେଁ। ଜାପାନରେ ଏହି ପଦ୍ଧତିକୁ ଶିନ୍ରିନ ୟୋକୁ କୁହାଯାଏ। ଜାପାନି ବିଶେଷଜ୍ଞମାନଙ୍କ ଅନୁସାରେ ଜଙ୍ଗଲ ମଧ୍ୟର ହାଲୁକା ଚଲାବୁଲା କରିବା ଦ୍ୱାରା ଥକ୍କାପଣ, ଅବସାଦଜନିତ ଦୁର୍ବଳତା ଆଦି ଦୂରେଇଥାଏ। ତେବେ ଜଙ୍ଗଲ ସ୍ନାନ ସମୟରେ ଗପିବା, ମୋବାଇଲ ଦେଖିବା ଆଦିରୁ ବିରତ ରହିବାକୁ ପଡ଼ିବ। ଜଙ୍ଗଲ ଭିତରର ପରିବେଶ ବିଶୁଦ୍ଧ। ସେହି ପରିବେଶରେ କିଛି ସମୟ ଚଲାବୁଲା କଲେ ଶରୀର ମଧ୍ୟକୁ ଶୁଦ୍ଧ ଅମ୍ଳଜାନ ଯାଇଥାଏ। ମନ ଭିତରୁ ନକାରାତ୍ମକ ଭାବନା ଆପେ ଆପେ ଦୂରେଇ ଯାଇଥାଏ। ଜଙ୍ଗଲ ସ୍ନାନକୁ ନେଇ ଏହା ମଧ୍ୟରେ ବେଶ କେତୋଟି ଅଧ୍ୟୟନ ହୋଇସାରିଛି। ପ୍ରାୟ ସବୁ ଅଧ୍ୟୟନରେ ସମାନ ନିର୍ଯ୍ୟାସ ଦେଖିବାକୁ ମିଳିଛି ଯେ ଏହି ପଦ୍ଧତି ଆପଣେଇଥିବା ଲୋକଙ୍କ ମଧ୍ୟରେ ରକ୍ତଚାପ, ହୃଦଘାତ, ମଧୁମେହ, ମାନସିକ ଚାପ ଭଳି ସମସ୍ୟା ଅନେକାଂଶରେ କମିଯାଇଛି। ଉପରୋକ୍ତ ଫରେଷ୍ଟ ବାଥିଂ ନିଶ୍ଚିନ୍ତ ଭାବେ ଶରୀରକୁ ଉପଷମ ଦେବ। ପ୍ରକୃତି କୋଳରେ କିଛି ମୁହୂର୍ତ୍ତ ବିତାଇ ବିଶୁଦ୍ଧ ଅମ୍ଳଜାନ ଶରୀର ଭିତରକୁ ନେବା ସହ ଶାନ୍ତି, ସ୍ନିଗ୍ଧ ଅମୃତମୟ ପରିବେଶ ଆମ୍ଭ ମାନଙ୍କ ସ୍ୱାସ୍ଥ୍ୟ ଜୀବନଚର୍ଯ୍ୟାକୁ ଏକ ଦିବ୍ୟ ଆନନ୍ଦରେ ପରିଣତ କରିପାରିବ। ଏ କ୍ଷେତ୍ରରେ ଆମ୍ଭମାନଙ୍କର ମାନସିକତା ସର୍ବାଦୌ ପ୍ରାଥମିକତା। କାରଣ ଆମେ ଇଚ୍ଛା ନକଲେ ଏ ଆନନ୍ଦ ପାଇ ପାରିବା ନାହିଁ ଯାହାପାଖରେ ଅର୍ଥ, ପ୍ରତିପତ୍ତି, କ୍ଷମତା, ବାହୁବଳ କିଛି ହିଁ ନୁହେଁ। ସ୍ୱାସ୍ଥ୍ୟ ଯେ ଶ୍ରେଷ୍ଠ ସମ୍ପଦ ଏବଂ ନିରୋଳା ଶାନ୍ତ ପରିବେଶ ଭିତରେ ଆମ୍ଭେମାନେ କିପରି ଯେ ଅଶାନ୍ତମୟ ଜୀବନକୁ ଅତିବାହିତ କରୁଛେ ତାର ବଡ଼ ପ୍ରମାଣ ଏହି ଫରେଷ୍ଟ ବାଥିଂ ହିଁ ଦେଇଥାଏ। ଜୀବନରେ କେବେ ସୁଯୋଗ ପାଇଲେ ଏପରି ଦିବ୍ୟ ଆନନ୍ଦକୁ ହାତଛଡ଼ା କରନ୍ତୁନାହିଁ।

**ବିଜୟ କୁମାର ପୃଷ୍ଟି**, ସମ୍ପାଦକ, ନିରାମୟ, କଟକ, ଦୂରଭାଷ : ୯୮୬୧୪୬୪୯୩୨

## ଜିଲ୍ଲାସ୍ତରୀୟ "ସମ୍ବିଧାନ ଦିବସ" ପାଳନ ଅବସରରେ ମୁଖବନ୍ଧ ପାଠ ଅନୁଷ୍ଠିତ

ବାଲେଶ୍ୱର (ପିଏନ୍)- ସ୍ୱାଧୀନତା ପ୍ରାପ୍ତି ପରେ ୧୯୪୯ ମସିହା ନଭେମ୍ବର ମାସ ୨୬ ତାରିଖରେ ଭାରତବର୍ଷ ନିଜକୁ ଦେଇଥିଲା ଏହାର ସମ୍ବିଧାନ। ଭାରତ ସମ୍ବିଧାନର ପିତା ଡକ୍ଟର ଭୀମରାଓ ଆମ୍ବେଦକରଙ୍କ ନେତୃତ୍ୱରେ ସମ୍ବିଧାନ ପ୍ରଣୟନ ସଭାରେ ଗୃହୀତ ହେବା ପରେ ୧୯୪୯ ମସିହା ନଭେମ୍ବର ୨୬ ତାରିଖରେ ଆମ ସମ୍ବିଧାନ ଅଙ୍ଗୀକୃତ, ଅଧିନିୟମିତ ତଥା ଆତ୍ମାର୍ପିତ ହୋଇଥିଲା। ଏହି ନଭେମ୍ବର ୨୬ ତାରିଖ ଦିନଟିକୁ ଭାରତବର୍ଷର ସମ୍ବିଧାନ ଦିବସ ରୂପେ ପାଳନ କରାଯାଇଆସୁଅଛି। ଆମ ରାଜ୍ୟରେ ଏହା ବିଭିନ୍ନ ସରକାରୀ ତଥା ବେସରକାରୀ ସ୍ତରରେ ଭିନ୍ନ ଭିନ୍ନ ଅନୁଷ୍ଠାନର ଭିନ୍ନ ଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ପାଳନ କରାଯାଉଛି। ଆମ ସମ୍ବିଧାନର ପ୍ରାରମ୍ଭରେ ଏହାର ମୁଖବନ୍ଧ ସ୍ଥାନିତ ହୋଇଅଛି ଯାହାକୁ ସମ୍ବିଧାନର ଆତ୍ମା କୁହାଯାଇଥାଏ। ସମ୍ବିଧାନ ଦିବସ ପାଳନର ଏକ ମୁଖ୍ୟ ଅଂଶ ହେଉଛି ସମସ୍ତ ନାଗରିକଙ୍କ ଦ୍ୱାରା ମୁଖବନ୍ଧ ପାଠ। ବାଲେଶ୍ୱର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଜିଲ୍ଲା କାର୍ଯ୍ୟାଳୟର ବିଭିନ୍ନ ବିଭାଗର ଅଧିକାରୀ ତଥା କର୍ମଚାରୀଙ୍କୁ ନେଇ ଏହି ମୁଖବନ୍ଧ ପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉପସ୍ଥିତ କର୍ମଚାରୀ ଓ ଅନ୍ୟମାନଙ୍କୁ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନିଲୁ ମହାପାତ୍ର ମୁଖବନ୍ଧ ପାଠ କରାଇଥିଲେ। ଏହି କାର୍ଯ୍ୟକ୍ରମରେ ବାଲେଶ୍ୱର ଅତିରିକ୍ତ ଉପଜିଲ୍ଲାପାଳ ଶ୍ରୀ କିଶୋର ଚନ୍ଦ୍ର ସ୍ୱାଇଁ, ଡେପୁଟି କଲେକ୍ଟର ଶ୍ରୀ ସିତାଂଶୁ ଦାସ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀ ଭବାନୀ ଶଙ୍କର ଭୂୟାଁ, ଶ୍ରୀ ପୂର୍ଣ୍ଣଚନ୍ଦ୍ର ଜେନା, ଜିଲ୍ଲା ସଂସ୍କୃତି ଅଧିକାରୀ ଶ୍ରୀ ଆଶୀଷ କୁମାର ସାହୁ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ଯୁବକ ମାଝୀ, ଅବକାରୀ ଅଧିକ୍ଷକ ଓ ଅନ୍ୟ ଅଧିକାରୀ ତଥା କର୍ମଚାରୀ ଉପସ୍ଥିତ ରହି ମୁଖବନ୍ଧ ପାଠରେ ସହଯୋଗ କରିଥିଲେ। ପ୍ରକାଶ ଥାଉକି ପ୍ରଥମେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀ ଭବାନୀ ଶଙ୍କର ଭୂୟାଁ ସମ୍ବିଧାନ ଦିବସ ପାଳନର ତାତ୍ପର୍ଯ୍ୟ ବର୍ଣ୍ଣନା କରିଥିଲେ ଏବଂ ତତ୍ ପରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନିଲୁ ମହାପାତ୍ର ମୁଖବନ୍ଧ ପାଠ କରାଇଥିଲେ।

## ଗାନ୍ଧୀଙ୍କ ପ୍ରାସଙ୍ଗିକତା ସର୍ବଦା ରହିଛି



ଭୁବନେଶ୍ୱର (ପିଏନ୍): ସ୍ଥାନୀୟ ଶହୀଦନଗର କାର୍ଯ୍ୟାଳୟଠାରେ ସାମାଜିକ ବୌଦ୍ଧିକ ତଥା ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ଆଦର୍ଶ ଚିନ୍ତାଧାରାକୁ ନେଇ ଗଠିତ ଅନୁଷ୍ଠାନ "ହର ଦିଲମେଁ ଗାନ୍ଧୀ"ର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଗାନ୍ଧୀଙ୍କ ଆଦର୍ଶ, ଚିନ୍ତାଧାରାକୁ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ଜନସାଧାରଣଙ୍କ ପାଖରେ ପହ ଞ୍ଚାଇବା ତଥା ବିଭିନ୍ନ ସାମାଜିକ ସଂଗଠନମାନଙ୍କୁ ଏକତ୍ର କରି ଗାନ୍ଧୀଙ୍କ ଚିନ୍ତାଧାରା, କାର୍ଯ୍ୟ, ମୂଲ୍ୟବୋଧ ତଥା ଦେଶପ୍ରେମର ଅଗ୍ନି ସମାଜରେ ପରିବ୍ୟାପ୍ତ କରିବା ଲକ୍ଷ୍ୟକୁ ନେଇ ଉକ୍ତ ବୈଠକ ସ୍ୱାଧୀନତା ସଂଗ୍ରାମୀ ଉତ୍ତରଦାୟାଦ ସଂଗଠନର ଆବାହକ, ବିଶିଷ୍ଟ ସମାଜସେବୀ ଶିବ ନାରାୟଣ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ସମାଜସେବୀ ଗାନ୍ଧିବାଦୀ ବିଜୟ ତ୍ରିପାଠୀ, ଶହୀଦ ରଘୁ-ଦିବାକର ସ୍ମୃତି ସଂସଦର ସାଧାରଣ ସମ୍ପାଦକ ବ୍ରଜବନ୍ଧୁ ପରିଡ଼ା, ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ଅଭିଯାନର ମୁଖପାତ୍ର ସାମ୍ବାଦିକ ଅରବିନ୍ଦ ତ୍ରିପାଠୀ, ନାରାୟଣ ସେବା ଫାଉଣ୍ଡେସନ୍‌ର ପ୍ରତିଷ୍ଠାତା ସୀତାଂଶୁ ଶେଖର ମହାରଣା, ସଂଗ୍ରାମୀ ଦାୟାଦ ରାଜକୁମାର ଜେନା ଯୋଗଦେଇ ଗାନ୍ଧୀଙ୍କ ନୀତି, ଆଦର୍ଶ ଯୁଗେଯୁଗେ ରହିଛି ଓ ରହିବ ବୋଲି ମତବ୍ୟକ୍ତ କରିଥିଲେ। ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ ସମାଜସେବୀ ଶରତ ଚନ୍ଦ୍ର ପ୍ରଧାନ।

### ନୀଳଗିରି ଅ ଞ୍ଚଳରୁ ବ୍ରାଉନସୁଗାର ଜବତ

ବାଲେଶ୍ୱର (ପିଏନ୍)-ନୀଳଗିରି ଥାନା ଅନ୍ତର୍ଗତ ସନ୍ତରାଗଡ଼ିଆ ଅ ଞ୍ଚଳରୁ ବ୍ରାଉନ ସୁଗାର ଜବତ କରାଯାଇଛି। ବାଲେଶ୍ୱର ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାର୍ଡ଼ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୨୪୨ ଗ୍ରାମ ଧଳା ଜହର ଜବତ ସହ ଜଣଙ୍କୁ ଗିରଫ କରାଯାଇଛି। ଗିରଫ ଜଣଙ୍କ ହେଲେ ସନ୍ତରାଗଡ଼ିଆ ନିକଟ ଯୁକ ଗାଡ଼ିଆ ଅ ଞ୍ଚଳର ପର୍ଶୁରାମ ପାଣିଗ୍ରାହୀ। ଏବେ କିଛିଦିନ ହେଲା ପର୍ଶୁରାମ ଗାଁରେ ବ୍ରାଉନସୁଗାର କାରବାର ଚଳାଇ ଆସୁଥିଲା। ତେବେ ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାଡ୍ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୫ ହଜାର ଟଙ୍କା ନଗଦ ଜବତ ସହ ୨୪ ଲକ୍ଷ ୨୦ ହଜାର ଟଙ୍କାର ବ୍ରାଉନ ସୁଗାର ଜବତ କରାଯାଇଛି।

## ଇଫ୍‌କୋ ପକ୍ଷରୁ ଗୋମଙ୍ଗଳ ସମିତିକୁ ଗୋଖାଦ୍ୟ ପ୍ରଦାନ



ପାରାଦୀପ (ପିଏନ୍)-କେନ୍ଦ୍ରାପଡାରେ ଥିବା ଶ୍ରୀଶ୍ରୀ ସିଦ୍ଧବଳଦେବ ଜିଉ ଗୋମଙ୍ଗଳ ସମିତିକୁ ପାରାଦୀପ ଇଫକୋ ପକ୍ଷରୁ ଗୋଖାଦ୍ୟ ପ୍ରଦାନ କରାଯାଇଛି। ଏହି ଗୋମଙ୍ଗଳ ସମିତିରେ ୬୦ରୁ ଊର୍ଦ୍ଧ୍ୱ ଗାଇଗୋରୁ ରହୁଥିବା ବେଳେ ଆର୍ଥିକ ସଂକଟ ଯୋଗୁଁ ସେମାନଙ୍କୁ ସଠିକ ଭାବେ ଗୋଖାଦ୍ୟ ଯୋଗାଯାଇପାରୁ ନଥିବାରୁ ସମିତି ପକ୍ଷରୁ ଇଫକୋ ପାରାଦୀପ ୟୁନିଟର ନିର୍ଦ୍ଦେଶକ କେ.ଜେ. ପଟେଲଙ୍କୁ ସହଯୋଗ ନିମନ୍ତେ ଅନୁରୋଧ କରାଯାଇଥିଲା। ଏହି ମର୍ମରେ ଇଫକୋ କର୍ତ୍ତୃପକ୍ଷ ତୁରନ୍ତ ଦୁଇ ଟନରୁ ଊର୍ଦ୍ଧ୍ୱ ଗୋଖାଦ୍ୟ ସାମଗ୍ରୀ ଏହି ଗୋମଙ୍ଗଳ ସମିତିକୁ ପ୍ରଦାନ କରିଥିଲେ। ଇଫକୋ ଲୋକସମ୍ପର୍କ ଅଧିକାରୀ ପ୍ରଶନ୍ନ କୁମାର ବେଉରାଙ୍କ ନେତୃତ୍ୱରେ ଏକ ଟିମ ସେଠାରେ ପହଁଚି ସମିତିର ସଭାପତି ଫକିର ଚରଣ ଖଟୁଆ, ସମ୍ପାଦକ ସୁଶିଲ କୁମାର ସାମଲ ଏବଂ ଅନ୍ୟ ସଦସ୍ୟଙ୍କ ଉପସ୍ଥିତିରେ ଏହି ସାମଗ୍ରୀ ପ୍ରଦାନ କରିଥିଲେ। ସୂଚନା ଥାଉକି, ଜଗତସିଂହପୁର ଓ କେନ୍ଦ୍ରାପଡା ଜିଲ୍ଲା ସମେତ ଓଡିଶାର ବିଭିନ୍ନ ସ୍ଥାନରେ ଇଫକୋ ପକ୍ଷରୁ ଏଭଳି ଜନମଙ୍ଗଳକାରୀ କାର୍ଯ୍ୟ ଜାରୀ ରହିଛି ବୋଲି ଶ୍ରୀ ବେଉରା କହିଛନ୍ତି।

## ଡଃ ଏକାଦଶୀ ପାଢ଼ୀଙ୍କ ବିୟୋଗରେ ଶୋକ

ଯାଜପୁର (ପିଏନ୍): ସାହିତ୍ୟିକ ତଥା ଗବେଷକ ଡଃ ଏକାଦଶୀ ପାଢ଼ୀଙ୍କ ବିୟୋଗରେ ଶ୍ରୀ ବିରଜା ସେବାସମିତି ପକ୍ଷରୁ ଶୋକ ପ୍ରକାଶ କରାଯାଇଅଛି। ସ୍ୱର୍ଗତ ପାଢ଼ୀ ଶିକ୍ଷକତା ସହିତ ବହୁ ପୁସ୍ତକ ରଚନା କରିଥିଲେ ଓ କେତେକ ଐତିହାସିକ ସମ୍ପର୍କରେ ଗବେଷଣାରେ ବୁଡ଼ି ରହିଥିଲେ। ସେ ବହୁ ସ୍ଥାନରେ ସମ୍ବର୍ଦ୍ଧିତ ହୋଇଥିଲେ। ଶ୍ରୀ ବିରଜା ମନ୍ଦିର ପଣ୍ଡିତ ସଭାର ସେ ଜଣେ ସକ୍ରିୟ ବାହ୍ମଣ ଥିଲେ। ଶ୍ରୀ ବିରଜା ସେବା ସମିତି ସମ୍ମାନ ତାଙ୍କୁ ପ୍ରଦାନ କରାଯାଇଥିଲା। ସ୍ୱର୍ଗତ ପାଢ଼ୀ ଥିଲେ ଜଣେ ସରଳ, ଅମାୟିକ ଓ ସ୍ପଷ୍ଟବାଦୀ। ଏଣୁ ବିରଜା ସେବା ସମିତି ପକ୍ଷରୁ ସଭାପତି ବିଶ୍ୱମ୍ଭର ମିଶ୍ର, ସମ୍ପାଦକ ସମାଜସେବୀ ପାଣ୍ଡବ ସାହୁ, ଉପସଭାପତି ପ୍ରମୋଦ ଦ୍ୱିବେଦୀ ଓ ଶିବପ୍ରସାଦ ବଳ, କର୍ମକର୍ତ୍ତା ବନବିହାରୀ ମହାପାତ୍ର, ଗଦାଧର ରାଉତ, କ୍ଷୀରୋଦ ପାଠୀ, ବୃନ୍ଦାବନ ମିଶ୍ର, ଅଧିକାରୀ ନବକିଶୋର ଦାସ, ସୁବାସ ମହାନ୍ତି, ସୁବାସ ମହାପାତ୍ର, ବ୍ରଜକିଶୋର ମହାନ୍ତି, ମହେନ୍ଦ୍ର କୁମାର ଦାସ, ଗିରିଧାରୀ ସ୍ୱାଇଁ, ରମେଶ ଚନ୍ଦ୍ର ରାଉତ, ହରିହର ବେହେରା, ବିରଜା ପ୍ରସାଦ କର, ମଧୁସୂଦନ ମହାନ୍ତି, ଶ୍ରୀନାଥ ମହାନ୍ତି ପ୍ରମୁଖ ଶୋକ ପ୍ରକାଶ କରିଥିଲେ।

## ପାରାଦୀପ ବନ୍ଦର ଏସସି/ଏସଟି ଆସୋସିଏସନ ପକ୍ଷରୁ ସମ୍ବିଧାନ ଦିବସ ପାଳିତ



ପାରାଦୀପ (ପିଏନ୍)- ପାରାଦୀପ ବନ୍ଦର ଏସସି/ଏସଟି ୱେଲଫେୟାର ଆସୋସିଏସନ ପକ୍ଷରୁ ପାରାଦୀପସ୍ଥିତ ଡଃ. ବି.ଆର. ଆମ୍ବେଦକର ପାର୍କ ପରିସରରେ ୧୬୬ତମ ସମ୍ବିଧାନ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଆସୋସିଏସନ ପକ୍ଷରୁ ସମ୍ବିଧାନ ପ୍ରଣେତା ବାବାସାହେବ ଭାରତରତ୍ନ ଡଃ. ବି.ଆର. ଆମ୍ବେଦରଙ୍କ ପ୍ରତିମୂର୍ତ୍ତିରେ ସାଧାରଣ ସମ୍ପାଦକ ଧୁନଚନ୍ଦ୍ର ତରାଇ, ସହସମ୍ପାଦକ ଅଜୟ କୁମାର ବେହେରା, ବନ୍ଦରର ପୂର୍ବତନ ଟ୍ରଷ୍ଟି ପରେଶ ମୁର୍ମୁ, ବର୍ତମାନର ଟ୍ରଷ୍ଟି ସୁନିଲକାନ୍ତ ଦାସ, ଲିତାରାମ ହାଇବ୍ରୁ, ବିପ୍ଲବ କୁମାର ଜେନା, ମହେଶ୍ୱର ସୋରେନଙ୍କ ସମେତ ଅନ୍ୟ ବହୁ ସଦସ୍ୟମାନେ ମାଲ୍ୟାର୍ପଣ କରି ସମ୍ବିଧାନ ଦିବସ ପାଳନ କରିଥିଲେ।


**DISPLAY CLASSIFIED**

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

ଖେଳ
ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
पर्यवेक्षक
Bhubaneswar Wednesday December 27, 2023 ଭୁବନେଶ୍ୱର ବୁଧବାର, ଡିସେମ୍ବର ୨୭,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



# ଭାକୁର ଖାଉଥିବା ଲୋକଙ୍କୁ ମଟନ ଦେବେ କହି କେରାଣ୍ଡି ଦେଇ ଠକିଦେଲେ ମାମୁଁ ଭଣଜା

ନିମାପଡା,(ପି.ଏନ): ନିମାପଡା ନିର୍ବାଚନମଣ୍ଡଳୀର ବୀରପୁତ୍ର ପ୍ରତାପ ପରିଡା ନିଜ ମାତୃଭୂମିର ସେବା କରି ଦେଶ ପାଇଁ ସହିଦ ହୋଇଛନ୍ତି।ସହିଦ ପ୍ରତାପଙ୍କ ଘର ପୁରୀ ଜିଲ୍ଲା ଗୋପ ବ୍ଲକ ଅନ୍ତର୍ଗତ ମଲ୍ଲଗ୍ରାମରେ ହୋଇଥିବା ବେଳେ ସେ ସୁଦୂର ମେଘାଳୟ ଓ ବାଙ୍ଗଲାଦେଶ ସୀମାରେ କାର୍ଯ୍ୟରତ ଥିବା ସମୟରେ ଦୁର୍ବୃତ୍ତଙ୍କ ଆକ୍ରମଣରେ ଏକ ଖାତକୁ ଖସି ପଡ଼ି ମୃତ୍ୟୁ ବରଣ କରିଥିଲେ।ପ୍ରତାପଙ୍କ ସହିଦ ହେବା ଖବର ପାଇବା ପରେ ସମଗ୍ର ରାଜ୍ୟରେ ଶୋକର ଛାୟା ଖେଳିଯାଇଥିଲା।ତାଙ୍କର ପାର୍ଥିବ ଶରୀରର ଶେଷ ଦର୍ଶନ ପାଇଁ ଅନେକ ଲୋକଙ୍କ ଭିଡ ହେବା ସହ ନିମାପଡା ନିର୍ବାଚନ ମଣ୍ଡଳୀର ବହୁ ମାନ୍ୟଗଣ ବ୍ୟକ୍ତି ଙ୍କ ସହିତ ରାଜନେତା ମାନେ ମଧ୍ୟ ସହିଦ ପ୍ରତାପଙ୍କୁ ଶେଷ ଦର୍ଶନ କରିଥିଲେ।ଆସନ୍ତା କାଲି ସହିଦ ପ୍ରତାପଙ୍କ ଏକାଦଶାହ ହୋଇଥିବା ବେଳେ ଏହି ଏକାଦଶାହରେ ଶ୍ରଦ୍ଧାଞ୍ଜଳି ଦେବାପାଇଁ ଅନେକ ମାନ୍ୟଗଣ ବ୍ୟକ୍ତି ଯୋଗଦେଇଥିଲେ।କିନ୍ତୁ କିଛି ବେନାମୀ ବ୍ୟକ୍ତି ଯାହାକୁ ଲୋକ ମାନେ ଠିକ ଭାବେ ଜାଣିନାହାନ୍ତି ସେମାନେ ବିଧାୟକ ହେବା ନିଶାରେ ଏତେ ପାଗଳ ଯେ ନିର୍ବାଚନମଣ୍ଡଳୀବାସୀଙ୍କୁ ଦେଖେଇ ହେବା ପାଇଁ ବୀରପୁତ୍ରଙ୍କୁ ଶ୍ରଦ୍ଧାଞ୍ଜଳି ଦେବା ନାଁରେ ସଂଗ୍ରାମୀ ମାଟିକୁ କଳଙ୍କିତ କରିବା ସହିତ ସହିଦଙ୍କୁ ଅସମ୍ମାନ କରିଥିଲେ ବୋଲି ଚର୍ଚ୍ଚା ଜୋର ଧରିଛି।ସୂଚନା ଅନୁଯାଇ ଆଜି ଗୋପ ଅଞ୍ଚଳର ଜନୈକ କଂଗ୍ରେସ ନେତାଙ୍କ ଭଣଜା ଯାହାଙ୍କର ନିମାପଡା ଗୋପ ଅଂଚଳର ରାଜନୀତିରେ ନା ତ ଦୂରର କଥା ବିନ୍ଦୁ ବିସର୍ଗ ହିଁ ନାହିଁ ସେ ବିଧାୟକ ହେବା ପାଇଁ ମାମୁଁ କଥାରେ ପଡି ଗୈଡ଼ି ଆସିଛନ୍ତି।ଆଗରୁ ଭଣଜା ପାଇଁ ସମର୍ଥକ ଯୋଗାଡ଼ କରି ମାମୁଁ ସମର୍ଥକ ମାନଙ୍କୁ ଗାଡି ତେଲ ପାଇଁ ୫୦୦ଟଙ୍କା,ମଟନ ଓ ମଦ ପିଇବାକୁ ଦିଆଯିବ ବୋଲି କହି ଢାବା ପାଖରେ ପହଁଚ଼ିବାକୁ କହିଥିଲେ। ସେଠି କିଛି ସମର୍ଥକଙ୍କୁ ଗାଡି ତେଲ ପାଇଁ ୨୦୦ ରୁ ୫୦୦ ଟଙ୍କା ଦେବା ସହିତ ମଟନ ବଦଳରେ ମାଛ ଖାଇବାକୁ ଦେବା ସହିତ ଅଳ୍ପ କିଛି ମଦ ଦେଇ ଥିବାରୁ କିଛି ସମର୍ଥକ ଅସନ୍ତୋଷ ପ୍ରକାଶ କରିବା ସହିତ ଭାକୁର ଖାଉଥିବା ଲୋକଙ୍କୁ ମଟନ ଦେବେ କହି କେରାଣ୍ଡି ଦେଇ ଠକିଦେଲେ ବୋଲି ମାମୁଁ ଭଣଜାଙ୍କ ସମର୍ଥକ ମାନେ କୁହା କୁହି ହେବାରେ ଲାଗିଛନ୍ତି।ସବୁଠାରୁ ବଡକଥା ମାମୁଁ ଭଣଜା ଦେଶର ଜଣେ ବୀରପୁତ୍ର ସହିଦ ପ୍ରତାପ ପରିଡାଙ୍କ ଏକାଦଶାହରେ ଶ୍ରଦ୍ଧାଞ୍ଜଳି ଦେବା ନାଁରେ ନିଜ ସମର୍ଥକଙ୍କୁ ମଦ ମାଂସ ଦେଇ ବାଇକ୍ ରାଲି କରି ଯାଇ ତାଙ୍କୁ ଶ୍ରଦ୍ଧାଞ୍ଜଳି ଦେଇଥିବା କଥାକୁ ବୁଦ୍ଧି ଯିବି ମାନେ ନା ପସନ୍ଦ କରିଛନ୍ତି।ଏମାନେ ସଂଗ୍ରାମୀ ମାଟିକୁ କଳଙ୍କିତ କରିବା ସହିତ ମାମୁଁ ଭଣଜାକୁ ବିଧାୟକ ନିଶା ଏତେ ଘାରିଛି ଯେ ସେ ବିଧାୟକ ହେବା ପାଇଁ ଯିଏ ବୀର ପୁଅକୁ ଅସମ୍ମାନ କରିପାରେ ସେ ବିଧାୟକ ହେଲା ପରେ ଜନ ସାଧାରଣଙ୍କୁ କିପରି ସମ୍ମାନ କରିବ ବୋଲି ନିଜର ମତ ପ୍ରକାଶ କରିଛନ୍ତି।

### ଗଣଦୌଡ଼ରୁ ଶୁଭାରମ୍ଭ ହେଲା ସମବାୟ ସପ୍ତାହ : ସମବାୟ ସେବାର ବାର୍ତ୍ତା ନେଇ ଗଡ଼ିଲା ସମବାୟ ରଥ

ସୁବର୍ଣ୍ଣପୁର,(ପି.ଏନ): ୭୦ ତମ ଅଖିଳ ଭାରତୀୟ ସମବାୟ ସପ୍ତାହ ପାଳନ ଅବସରରେ ଆଜି ସକାଳ ୭ଟା ସମୟରେ ଜିଲ୍ଲା ସ୍ତରୀୟ ଗଣ ଦୌଡକୁ ସ୍ଥାନୀୟ ରୟାଲ ପଡିଆ ଠାରୁ ବିମଳେନ୍ଦୁ ରାୟ, ଜିଲ୍ଲାପାଳ ସୁବର୍ଣ୍ଣପୁର ସବୁଜ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। ଏଥିରେ ଅତିରିକ୍ତ ଜିଲ୍ଲାପାଳ ସୂର୍ଯ୍ୟ ନାରାୟଣ ଦାଶ, ସହକାରୀ ନିବନ୍ଧକ, ସୋନପୁର ପାଣ୍ଡୁ ଚରଣ ସାହୁ, ସହକାରୀ ନିବନ୍ଧକ, ବୀରମହାରାଜପୁର, ପ୍ରେମାନନ୍ଦ ଦୀପ ଓ ସମବାୟ ବିଭାଗର ସମସ୍ତ କର୍ମକର୍ତ୍ତା। ଗଣଦୌଡ଼ରେ ବାହାରି ସୁରେଶ୍ୱରୀ ମନ୍ଦିର ସୋନପୁର ଠାରେ ପହଂଚି ଥିଲେ। ପରେ ପରେ ଜିଲ୍ଲାପାଳ ଶ୍ରୀ ରାୟ ଜିଲ୍ଲାପାଳ କାର୍ଯ୍ୟାଳୟ ଠାରୁ ସମବାୟ ସଚେତନତା ରଥକୁ ସବୁଜ ପତାକା ପ୍ରଦର୍ଶନ ପୂର୍ବକ ଶୁଭାରମ୍ଭ କରି ସମବାୟ ରଥ ଜିଲ୍ଲାର ସମସ୍ତ କୋଣ ଅନୁକୋଣକୁ ସମବାୟ ସେବାର ବାର୍ତ୍ତା ପହଂଚାଇବା ସହିତ ଜନସାଧାରଣ ସମସ୍ତ ସମବାୟ ସେବାର ଲାଭ ନେବାକୁ ପରାମର୍ଶ ଦେଇଛନ୍ତି।

# କର୍ମଚ଼ାରୀଙ୍କୁ ପ୍ରକଳ୍ପ ଅଧିକାରୀଙ୍କ ତାଗିତ



କୁକୁଡାଖଣ୍ଡି(ଇପିଲି ପୂର୍ଣ୍ଣଚ଼ନ୍ଦ୍ର) : ଜିଲ୍ଲା ପ୍ରକଳ୍ପ ନିର୍ଦ୍ଦେଶକ ଭି. କୀର୍ତ୍ତିଭାସନ କୁକୁଡାଖଣ୍ଡି ବ୍ଲକ ଗସ୍ତ ରେ ଆସି ବିଭିନ୍ନ ବିକାଶ ମୂଳକ କାର୍ଯ୍ୟରେ ଅଗ୍ରଗତି ନେଇ ସମୀକ୍ଷା କରିବା ସହ ମନ୍ଥର କାମକୁ ନେଇ କର୍ମଚ଼ାରୀ ମାନଙ୍କୁ ତାଗିତ କରିଛନ୍ତି । ବଉଲଝୋଲି ପଂଚ଼ାୟତ ଗ୍ରସ୍ତକରି ବିଭିନ୍ନ ଉନ୍ନୟନ ମୂଳକ କାର୍ଯ୍ୟ,୫ଟି ରୂପାନ୍ତରିତ ସ୍କୁଲ ପରିଦର୍ଶନ, ଜଗଦଳପୁର ରେ ନୂତନ ଭାବେ ନିର୍ମାଣ ହେଉଥିବା ପୋଖରୀ,ପଂଚ଼ାୟତ ରେ ଚ଼ାଲୁଥିବା ଗ୍ରାମୀଣ ବ୍ୟାଙ୍କ ସେବା କିପରି ତ୍ୱରାନ୍ୱିତ ହେବ ଓ ଚ଼ାଲୁଥିବା ଉନ୍ନୟନ କାର୍ଯ୍ୟ ଶୀଘ୍ର ସାରିବା କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ କ୍ଷ କୁକୁଡାଖଣ୍ଡି ରାଜୀବ ଗାନ୍ଧୀ ସମ୍ମିଳନୀ କକ୍ଷ ରେ ବ୍ଲକ କର୍ମଚ଼ାରୀ ମାନଙ୍କୁ ନେଇ ରାଜ୍ୟ ସରକାରଙ୍କ ଲୋକାଭି ମୁଖି ଯୋଜନା ମୋ ଓଡିଶା ନବୀନ ଓଡିଶା ଯୋଜନା ରେ ଆସିଥିବା ଅନୁଦାନ କିପରି ସଠିକ ଭାବେ କାମ ହେବ,ଲକ୍ଷ୍ମୀ ବସ ସେବା, ଆବାସ ଯୋଜନା,୫ଟି ରୂପାନ୍ତରିତ ସ୍କୁଲ, ଗ୍ରାମୀଣ ବ୍ୟାଙ୍କ ସେବା ଉପରେ କନିଷ୍ଠ ଯନ୍ତି ଓ ଅଧିକାରୀ ମାନଙ୍କ ସହ ସମୀକ୍ଷା ସହ କିଛି କାର୍ଯ୍ୟ ମନ୍ଥର ହେଉଥିବା ନେଇ ତାଗିଦ କରିଥିଲେ କ୍ଷ କାର୍ଯ୍ୟ ମନ୍ଥର ହେଲେ ଲୋକଙ୍କ ଭରସା ତୁଟିବ ଏବଂ ଯାହା ଦ୍ୱାରା ଜିଲ୍ଲା ପ୍ରଶାସନ ଏଥିନେଇ ଅଡୁଆରେ ପଡୁଛି । ଠିକ ଭାବେ ଉନ୍ନୟନ କାର୍ଯ୍ୟ ସରୁନି ଯଦ୍ୱାରା ବିଡ଼ିଓଙ୍କ କାର୍ଯ୍ୟଦକ୍ଷତା କୁ ନେଇ ପ୍ରଶ୍ନବାଚ଼ୀ ସୃଷ୍ଟି ହୋଇଛି । ବିଡିଓ ପଲ୍ଲବୀ ସ୍ୱାଇଁ, ଏଇ ଅନୁରାଗ ରଥ ଓ ବ୍ଲକ କର୍ମଚ଼ାରୀ ମାନେ ଉପସ୍ଥିତ ରହିଥିଲେ।

# ରଶ୍ମିରଂଜନ ପାଢୀ ହେଲେ ରାଉରକେଲା ଜିଲ୍ଲା କଂଗ୍ରେସ ସଭାପତି

ରାଉରକେଲା,(ପି.ଏନ): ରାଉରକେଲା ଜିଲ୍ଲା କଂଗ୍ରେସ ସଭାପତି ଭାବେ ରଶ୍ମିରଂଜନ ପାଢୀଙ୍କୁ ରାଜ୍ୟ ପ୍ରଦେଶ କଂଗ୍ରେସ ସଭାପତି ଶରତ ପଟନାୟକ ନିଯୁକ୍ତି ଦେଇଥିବା ଜଣାପଡିଛି । ଏନେଇ କଂଗ୍ରେସ ଦଳର ରାଜ୍ୟ ବରିଷ୍ଠ ଉପସଭାପତି ଶିବାନନ୍ଦ ରାୟ ଏକ ପ୍ରେସ ବିବୃତିରେ ଜଣାଇଥିବା ପ୍ରକାଶ । ରାଉରକେଲାରେ ପୂର୍ବତନ ସଭାପତି ଜର୍ଜ ତିର୍କୀ ଦଳ ଛାଡିବା ପରେ କାମଚଳା ସଭାପତି ଭାବେ ଦେବବ୍ରତ ବିହାରୀଙ୍କୁ ଦାୟିତ୍ୱ ଦିଆଯାଇଥିଲା। ଇତି ମଧ୍ୟରେ ସେ ଅସୁସ୍ଥ ହୋଇ ଏହି ଦାୟିତ୍ୱ ଛାଡିବା ପରେ ଗତକାଲି ରାଜ୍ୟ ସଭାପତି ଶ୍ରୀ ପାଢୀଙ୍କୁ ଏହି ଦାୟିତ୍ୱ ଆଡହକ ସଭାପତି ଭାବେ ଦେଇଛନ୍ତି ।ଶ୍ରୀ ପାଢୀ ପୂର୍ବରୁ ଛାତ୍ର, ଯୁବ ନେତୃତ୍ୱର ଦାୟିତ୍ୱ ନେଇ ସୁଚାରୁ ରୁପେ କାର୍ଯ୍ୟ କରିଥିବା ବେଳେ ବର୍ତ୍ତମାନ ଜିଲ୍ଲା କଂଗ୍ରେସରେ ସଂପାଦକ ଭାବେ କାର୍ଯ୍ୟ କରିବା ସହ ସୂଚନା ଅଧିକାର ଆଇନ ବଳରେ ଜିଲ୍ଲାରେ ସରକାରୀ ସ୍ତରରେ ଲୋକଙ୍କ ସ୍ୱାର୍ଥକୁ ଜଳାଜଂଳୀ ଦେଇ ଚାଲିଥିବା ହରିଲୁଟକୁ ଲୋକ ଲୋଚନକୁ ଆଣି ଚର୍ଚ୍ଚାରେ ଥିଲେ । ଏପରିକି ସ୍ଥାନୀୟ ଶ୍ରମ ବିଭାଗରେ ଅଧିକାରୀ ମାନେ ନିର୍ମାଣ ଶ୍ରମିକ ମାନଙ୍କର ୯ ଲକ୍ଷ ଟଙ୍କା ହରିଲୁଟ କରିଥିବା ନେଇ ସେ ସୂଚନା ଅଧିକାର ଆଇନ ବଳରେ ତଥ୍ୟ ଆଣି ଲୋକାୟୁକ୍ତରେ ମାମଲା ଦାୟର କରିଥିଲେ। ପରେ ଏହି ମାମଲାରେ ସତ୍ୟତା ଥିବା ନେଇ ମାନ୍ୟବର ଲୋକାୟୁକ୍ତ ରାୟ ଶୁଣାଇବା ପରେ ଏହାର ଭିଜିଲାନ୍ସ ତଦନ୍ତ ଲାଗି ନିର୍ଦ୍ଦେଶ ଦେଇଥିଲେ। ଭିଜିଲାନ୍ସ ମଧ୍ୟ ଏଥିରେ ଦୁର୍ନୀତିର ଗନ୍ଧ ବାରିବାରୁ ଏହି ମାମଲାରେ ହରିଲୁଟର ଗନ୍ଧ ବାରିଥିଲେ ମାନ୍ୟବର ଲୋକୟୁକ୍ତ । ବର୍ତ୍ତମାନ ଏହି ମାମଲାକୁ ନେଇ ଅପରପକ୍ଷ ହାଇକୋର୍ଟଙ୍କ ଦ୍ୱାରସ୍ଥ ହେବା ପରେ ଏହା ଏବେ ସେଠାରେ ବିଚାରାଧୀନ ରହିଛି । ଶ୍ରୀ ପାଢୀ ଜଣେ ଯୁବ ନେତୃତ୍ୱ ହୋଇଥିବାରୁ ରାଉରକେଲାରେ ଯୁବକ ଓ ଛାତ୍ର ମାନଙ୍କ ମଧ୍ୟରେ ଖୁସିର ବାତା ବରଣ ଦେଖାଯାଇଛି। ଆଗାମୀ ଦିନରେ ରାଉରକେଲା କଂଗ୍ରେସକୁ ତାର ଲକ୍ଷ ସ୍ଥଳରେ ପହଁଚାଇ ସହର ବାସୀଙ୍କୁ ସବୁ ଯାଗାରେ ନ୍ୟାୟ ଦେବାରେ ଶ୍ରୀ ପାଢୀ ସହାୟକ ହେବେ ବୋଲି ଦଳର ନେତା ମାନେ ଆଶା ପ୍ରକାଶ କରିଛନ୍ତି। ଏହି ନିଯୁକ୍ତି ପରେ ତାଙ୍କୁ ବିଭିନ୍ନ ମହଲରୁ ସ୍ୱାଗତ ଅଭିନନ୍ଦନ ପ୍ରଦାନ କରାଯାଇଛି ।

# ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଶିଶୁଦିବସ ପାଳିତ

ଭୁବନେଶ୍ୱର,(ପି.ଏନ):ଆଜି ପୂର୍ବାହ୍ନରେ ଗୋପାଳପୁର ଓ ମହତପଲା ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ପକ୍ଷରୁ ସ୍କୁଲର ସଭାପତି ବାଳକୃଷ୍ଣ ଷଡ଼ଙ୍ଗୀଙ୍କ ସଭାପତିତ୍ୱରେ ଶିଶୁ ଦିବସ ପାଳନ କରାଯାଇଥିଲା। ଏହି ଦିବସରେ ମୁଖ୍ୟ ଅତିଥି ଭାବେ ପ୍ରଦେଶ କଂଗ୍ରେସ କମିଟି ସଭ୍ୟ ତଥା ଓଡିଶା ରାଜୀବ ଗାନ୍ଧୀ ଛାତ୍ର ଫୋରମ ରାଜ୍ୟ ସଭାପତି ସତ୍ୟବ୍ରତ ନାୟକ ଯୋଗଦେଇ ପୂର୍ବତନ ପ୍ରଧାନମନ୍ତ୍ରୀ ସ୍ୱର୍ଗତ ପଣ୍ଡିତ ଜବାହାରଲାଲ ନେହେରୁଙ୍କ ଫିଟୋଚ଼ିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ।ଏବଂ ତାଙ୍କ ବକ୍ତବ୍ୟରେ ନେହେରୁ ଅଧିନିକ ଭାରତର ନବନିର୍ମାତା ତଥା ସ୍ୱାଧୀନ ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ଓ ସ୍ୱାଧୀନତା ଆନ୍ଦୋଳନରେ ଯୋଗଦେଇ ପନ୍ଦର ବର୍ଷ କାରାବାରଣ କରିଥିଲେ ବୋଲି କହିଥିଲେ ।ତାଙ୍କ ସମୟରେ ଭାରତ ବର୍ଷରେ ସବୁ ବଡ ବଡ ଶିକ୍ଷାନୁଷ୍ଠାନ, ବଡ ବଡ କାରଖାନା ଏବଂ ଓଡ଼ିଶାର ହୀରାକୁଦ ଡ୍ୟାମ,ରାଉରକେଲା ଇସ୍ପାତ କାରଖାନା ଆଦି ପ୍ରତିଷ୍ଠା କରିଥିଲେ।ଏହି ଉତ୍ସବରେ ବଜେନ୍ଦ୍ର ଚ଼ନ୍ଦ୍ର ହାଇସ୍କୁଲ ଅବସର ପ୍ରାପ୍ତ ଶିକ୍ଷକ ଜଳନ୍ଧର ସାହୁ ଉତ୍ସବରେ ଯୋଗଦେଇ ନେହେରୁଙ୍କ ଆଦର୍ଶରେ ଅନୁପ୍ରାଣିତ ହେବା ପାଇଁ ଶିଶୁମାନଙ୍କୁ ପରାମର୍ଶ ଦେଇଥିଲେ।ଶିଶୁ ଦିବସ ପାଇଁ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତା ର କୃତି ପ୍ରତିଯୋଗୀ ମାନଙ୍କୁ ମୁଖ୍ୟତିଥି ଶ୍ରୀନାୟକ ପୁରସ୍କାର



ଓ ମିଷ୍ଟାର୍ଣ ବିତରଣ କଲେ ଅନ୍ୟତମ ଅତିଥିଭାବେ ଯୁବ ସମାଜସେବୀ ମିର ଅବୁବକର ସିଦ୍ଧିକ, ପ୍ରକାଶ ଚ଼ନ୍ଦ୍ର ନାୟକ,ସୁରେଶ ମହାରଣା,ମୁନା ମହାପାତ୍ର, ଏବଂ ସରସ୍ୱତୀ ବିଦ୍ୟାମନ୍ଦିରର ପ୍ରଧାନ ଆଚ଼ାର୍ଯ୍ୟ ଓ ଶିକ୍ଷକ ଅନୁପମା ଦାସ,ନିରୂପମା କର,ସୋମନାଥ ପରିଡା।

# ଜନଜାତି ଛାତ୍ରଛାତ୍ରୀଙ୍କ ତୂଳୀରେ ଆଦିବାସୀ ଜୀବନଶୈଳୀ ଓ ସଂସ୍କୃତି

ଭୁବନେଶ୍ୱର,(ପି.ଏନ): ମହାନ ସ୍ୱାଧୀନତା ସଂଗ୍ରାମୀ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଦିବସକୁ ଜନଜାତୀୟ ଗୌରବ ଦିବସ ରୂପେ ପାଳନ କରାଯିବ । ନଭେମ୍ବର ୧୫ ରୁ ୨୬ ତାରିଖ ପର୍ଯ୍ୟନ୍ତ ଏହି ଦିବସକୁ ସର୍ବଭାରତୀୟସ୍ତରରେ ପାଳନ କରାଯିବ । ଏନେଇ ଆଜି ଅନୁସୂଚ଼ିତ ଜାତି ଓ ଅନୁସୂଚ଼ିତ ଜନଜାତି ଅନୁସନ୍ଧାନ ଏବଂ ତାଲିମ ପ୍ରତିଷ୍ଠାନ (ଏସସିଏସଟିଆରଟିଆଇ) ପକ୍ଷରୁ ଆଦିବାସୀ ଚ଼ିତ୍ରାଙ୍କନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ଚ଼ୟନ ହୋଇଥିବା ମୋଟ ୬୦ ଜଣ ଆଦିବାସୀ ଛାତ୍ରଛାତ୍ରୀ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ । କାର୍ଯ୍ୟକ୍ରମରେ ଏସସିଏସଟିଆରଟିଆଇର ନିର୍ଦ୍ଦେଶକ ଶ୍ରୀ ଇନ୍ଦ୍ରମଣି ତ୍ରିପାଠୀ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ । ଏ ଅବସରରେ ଶ୍ରୀ ତ୍ରିପାଠୀ କହିଛନ୍ତି, ପ୍ରତିଯୋଗିତା ମାଧ୍ୟମରେ ଛାତ୍ରଛାତ୍ରୀଙ୍କ କଳାତ୍ମକ ପ୍ରତିଭାକୁ ସାମ୍ନାକୁ ଆଣିବାକୁ ବିଭାଗ ସର୍ବଦା ପ୍ରୟାସ ଜାରି ରଖିଛି । ଆଦିବାସୀଙ୍କ ସଂସ୍କୃତି ଓ ଐତିହ୍ୟକୁ ମଞ୍ଚ ପ୍ରଦାନ କରିବା ଏହାର ମୁଖ୍ୟ ଉଦ୍ଦେଶ୍ୟ । "ଆଦିବାସୀ ଜୀବନଶୈଳୀ ଓ ସଂସ୍କୃତି" ବିଷୟବସ୍ତୁ ଉପରେ ଚ଼ିତ୍ରାଙ୍କନ ପ୍ରତିଯୋଗିତା କରାଯାଇଥିବା ବେଳେ ବିଜୟୀ ହୋଇଥିବା ୬ ଜଣ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧନା କରାଯାଇଥିଲା । ବିଶିଷ୍ଟ ଚ଼ିତ୍ରଶିଳ୍ପୀ ତଥା ଅଧ୍ୟାପକ ଶ୍ରୀ ମାନସ ରଞ୍ଜନ ଜେନା ଓ ବି.କେ କଲେଜ୍ ଅଫ୍ ଆର୍ଟ୍ସ ଆଣ୍ଡ କ୍ରାଫ୍ଟର ଅଧ୍ୟାପକ ଶ୍ରୀ ଚ଼ନ୍ଦ୍ରଶେଖର ସେଠୀ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । କାର୍ଯ୍ୟକ୍ରମର ପରିଚ଼ାଳନା କରିଥିଲେ ଏସସିଏସଟିଆରଟିଆଇର ସ୍ୱତନ୍ତ୍ର ଅଧିକାରୀ ଶ୍ରୀ ସମରେନ୍ଦ୍ର ଭୂତିଆ ଓ ଧନ୍ୟବାଦ ଅର୍ପଣ କରିଥିଲେ ଉପନିର୍ଦ୍ଦେଶିକା ଶ୍ରୀମତୀ ସାଗରିକା ପ୍ରିୟଦର୍ଶିନୀ ।

# ବାଳିକା ଏନ ସି ସି ଅତିରିକ୍ତ ମହାନିର୍ଦ୍ଦେଶକଙ୍କ ରାୟଗଡା ଗସ୍ତରେ ଆସିଥିଲେ

ରାୟଗଡ଼ା,(ପି.ଏନ): ରାୟଗଡା ସହରର ୨(ଓ) ବାଳିକା ଜାତୀୟ ସମର ଶୀକ୍ଷାର୍ଥୀ ବାହିନୀ ରାୟଗଡାର ଆର କେ ନଗର ସ୍ଥିତ କାର୍ଯ୍ୟାଳୟ କୁ ଡେପୁଟି ଡାଇରେକ୍ଟର ଜେନେରାଲ ଓଡ଼ିଶା ଡାଇରେକ୍ଟର କମୋଡୋର ଯେ ସୁରେଶ ରାୟଗଡା ମୁଖ୍ୟ ଅତିଥି ଭାବେ ଯୋଗଦେଇ ଥିଲେ। ଉକ୍ତ କାର୍ଯ୍ୟାଳୟର ସମସ୍ତ କମାଡେଣ୍ଟ, ଲେଫ୍ଟନେଣ୍ଟ ଓ କର୍ମଚ଼ାରୀ ଓ ୨(୦) ବାଳିକା ବାଟାଲିୟନ ମାନଙ୍କ ସହ ଆଲୋଚ଼ନା କରିଥିଲେ । ରାୟଗଡା ବାଳିକା ମହାବିଦ୍ୟାଳୟ ରେ ସେମିନାର ରେ ଅଂଶ ଗ୍ରହଣ କରିଥିଲେ। ଏନ ସି ସି କାର୍ଯ୍ୟାଳୟ ର କମାଡେଣ୍ଟ, ଲେଫ୍ଟନେଣ୍ଟ ଓ କର୍ମଚ଼ାରୀ ମାନଙ୍କୁ ଓ ବାଳିକା ମହାବିଦ୍ୟାଳୟର ଉପସ୍ଥିତ ବାଳିକା ମାନଙ୍କୁ ଉତ୍ସାହିତ କରି କହିଥିଲେ ଯେ ସମର ଶିକ୍ଷାର୍ଥୀ ବାହିନୀର ମୂଳ ଲକ୍ଷ୍ୟ ହେଲା ଶିକ୍ଷାର୍ଥୀ କୁ




ଚ଼ରିତ୍ର, ସାହସ, ସାଥୀତା, ଅନୁଶାସନ, ନେତୃତ୍ୱ, ଧର୍ମନିରପେକ୍ଷ ଦୃଷ୍ଟିକୋଣ, ଦୁସାହସିକତାର ଆତ୍ମା ଏବଂ ଶିକ୍ଷାର୍ଥୀ ମାନଙ୍କ ମଧ୍ୟରେ ନିସ୍ୱାର୍ଥପର ସେବାର ଆଦର୍ଶକୁ ସେମାନଙ୍କୁ ଉପଯୋଗୀ ନାଗରିକ କରିବା ପାଇଁ ବିକାଶ, ସଂଗଠିତ ତାଲିମପ୍ରାପ୍ତ ଏବଂ ପ୍ରେରିତ ମାନବ ସମ୍ବଳ ସୃଷ୍ଟି କରିବା, ସଶସ୍ତ୍ର ବାହିନୀ ସମେତ ବିଭିନ୍ନ ବର୍ଗରେ ନେତୃତ୍ୱ ପ୍ରଦାନ କରିବା ଏବଂ ଦେଶର ସେବା ପାଇଁ ସର୍ବଦା ଉପଲବ୍ଧ କରିବା, ସଶସ୍ତ୍ର ବାହିନୀରେ କ୍ୟାରିୟର ନେବାକୁ ସେମାନଙ୍କୁ ଉତ୍ସାହିତ କରିବା ପାଇଁ ଉପଯୁକ୍ତ ପରିବେଶ ସୃଷ୍ଟି କରିବା ।ଏହାଦ୍ୱାରା ଯୁବତୀ ମାନଙ୍କର ସର୍ବାଙ୍ଗୀନ ବିକାଶ ହେବ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751010 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray